ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ 25

PARYABEKHYAK

ପର୍ଯ୍ୟବେକ୍ଷକ

Vol.26 . No.309 Bhubaneswar Thursday January 25 2024 | ୨୬ତମ ବର୍ଷ ସଂଖ୍ୟା-୩୦୯ ଭୁବନେଶ୍ୱର ଗୁରୁବାର, ଜାନୁଆରୀ ୨୫, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 | (Air Surcharge - 0.50P) | Member-INS

## ଆଇପିଏସ୍ ସ୍ତରରେ ବଡ ଅଦଳ ବଦଳ, ବଦଳିଲେ ପୁଲିସ୍ କମିଶନର

ଭୁବନେଶ୍ୱର,୨୪।୧(ପି.ଏନ):ସାଧାରଣ ନିର୍ବାଚନ ପୂର୍ବରୁ ଆଇଏଏସ୍ ପରେ ଆଇପିଏସ୍ ସ୍ତରରେ ହୋଇଛି ବଡ ଧରଣର ଅଦଳ ବଦଳ। ଏହି ପ୍ରକ୍ରିୟାରେ ବଦଳିଛନ୍ତି ଭୁବନେଶ୍ୱର-କଟକ ପୁଲିସ୍ କମିଶନର ସୌମେନ୍ଦ୍ର ପ୍ରିୟଦର୍ଶୀ। ତାଙ୍କୁ ଗୁଇନ୍ଦା ନିର୍ଦ୍ଦେଶକ ଭାବେ ବଦଳି କରାଯାଇଛି। ୧୯୯୪ ବ୍ୟାଚ୍‌ର ଆଇପିଏସ୍ ଅଫିସର ତଥା ଏବେ ଗୁଇନ୍ଦା ନିର୍ଦ୍ଦେଶକ ଥିବା ସଞ୍ଜୀବ ପଣ୍ଡାଙ୍କୁ ଟ୍ୱିନ୍ ସିଟିର ପୁଲିସ୍ କମିଶନର ଭାବେ ନିଯୁକ୍ତି ମିଳିଛି। କଟକ ଡିସିପି ମଧ୍ୟ ବଦଳିଛନ୍ତି। କଟକ ଡିସିପି ଥିବା ପିନାକ ମିଶ୍ରଙ୍କୁ ପୁରୀ ଏସ୍‌ପି ଭାବେ ବଦଳି କରାଯାଇଛି। ପୁରୀ ଏସ୍‌ପି କନୱର ବିଶାଲ ସିଂହଙ୍କୁ କଟକ ଡିସିପି ଭାବେ ବଦଳି କରାଯାଇଛି। ସେ ଡେପୁଟି ଆଇଜି ଭାବେ ଏହି ପଦବୀରେ କାର୍ଯ୍ୟ କରିବେ । ଗୃହ ବିଭାଗର ସ୍ୱତନ୍ତ୍ର ସଚିବ ଥିବା ୧୯୯୫ ବ୍ୟାଚ୍‌ର ଆଇପିଏସ୍ ଅଫିସର ସନ୍ତୋଷ ବାଲାଙ୍କୁ ଓଡିଶା ପୁଲିସ ହାଉସିଂ ଓ୍ୱେଲଫେୟାର କର୍ପୋରେସନର ସିଏମ୍‌ଡି ଭାବେ ଅତିରିକ୍ତ ଦାୟିତ୍ୱ ନିର୍ବାହ କରିବାକୁ କୁହାଯାଇଛି।ପୂର୍ବାଞ୍ଚଳ ଆଇଜି ଥିବା ୨୦୦୩ ବ୍ୟାଚ୍‌ର ଆଇପିଏସ୍ ଅଫିସର ହିମାଂଶୁ ଲାଲ୍‌ଙ୍କୁ ଉତ୍ତରାଞ୍ଚଳ ଆଇଜି ଭାବେ ବଦଳି କରାଯାଇଛି। ଉତ୍ତରାଞ୍ଚଳ ଆଇଜି ଥିବା ୨୦୦୪ ବ୍ୟାଚ୍ ଆଇପିଏସ୍ ଅଫିସର ଡାକ୍ତର ଦୀପକ କୁମାରଙ୍କୁ ଉତ୍ତର-କେନ୍ଦ୍ରାଞ୍ଚଳ ଆଇଜି କରାଯାଇଛି। ସେ ଅତିରିକ୍ତ ଭାବେ ଅନୁଗୋଳ ପୁଲିସ ପ୍ରଶିକ୍ଷଣ କେନ୍ଦ୍ରର ପ୍ରିନ୍ସିପାଲ ଦାୟିତ୍ୱରେ ରହିବେ ।ଦକ୍ଷିଣାଞ୍ଚଳ ଆଇଜି ଥିବା ୨୦୦୪ ବ୍ୟାଚ୍‌ର ଆଇପିଏସ୍ ଅଫିସର ସତ୍ୟବ୍ରତ ଭୋଇଙ୍କୁ ପୂର୍ବାଞ୍ଚଳ ଆଇଜି କରାଯାଇଥିବା ବେଳେ ଇଓଡବ୍ଲ୍ୟୁ, ଏସ୍‌ଟିଏଫ୍ ଆଇଜି ଜୟନାରାୟଣ ପଙ୍କଜଙ୍କୁ ଦକ୍ଷିଣାଞ୍ଚଳ ଆଇଜି ଭାବେ ବଦଳି କରାଯାଇଛି। ଶ୍ରୀ ପଙ୍କଜ ଇଓଡବ୍ଲ୍ୟୁ,ଏସଟିଏଫ ଆଇଜି ଭାବେ ଅତିରିକ୍ତ ଦାୟିତ୍ୱ ମଧ୍ୟ ତୁଲାଇବେ।ହେଡକ୍ୱାର୍ଟର ଏଆଇଜିପି ଥିବା ବି. ଯୁଗଳ କିଶୋରଙ୍କୁ କେନ୍ଦ୍ରାପଡା ଏସ୍‌ପି ଭାବେ ବଦଳି କରାଯାଇଛି। କେନ୍ଦ୍ରାପଡା ଏସ୍‌ପି ମଡକର ସନ୍ଦୀପ ସଂପଦଙ୍କୁ ଢେଙ୍କାନାଳ ଏସ୍‌ପି ଭାବେ ବଦଳି କରାଯାଇଛି। ୨୦୧୪ ବ୍ୟାଚ୍‌ର ଆଇପିଏସ୍ ଅଫିସର ତଥା ରାୟଗଡା ଏସ୍ ?ପି ଥିବା ବିବେକାନନ୍ଦ ଶର୍ମାଙ୍କୁ ରାଜ୍ୟ ପୁଲିସ୍ ମୁଖ୍ୟ କାର୍ଯ୍ୟାଳୟକୁ ଏଆଇଜିପି ଭାବେ ବଦଳି କରାଯାଇଛି। ବରିଷ୍ଠ ଓପିଏସ୍ ତଥା ଢେଙ୍କାନାଳ ଏସ୍ ?ପି ଜ୍ଞାନରଂଜନ ମହାପାତ୍ରଙ୍କୁ ଭୁବନେଶ୍ୱର ସ୍ପେଶାଲ ବ୍ରାଞ୍ଚ ଏସ୍‌ପି ଭାବେ ବଦଳି କରାଯାଇଥିବା ବେଳେ ସୋନପୁର ଏସ୍ ?ପି ତଥା ଓପିଏସ୍ ଅମରେଶ ପଣ୍ଡାଙ୍କୁ ଏଆଇଜିପି ଭାବେ ପୁଲିସ୍ ମୁଖ୍ୟାଳୟକୁ ବଦଳି କରାଯାଇଛି।ଦେବଗଡ ଏସ୍‌ପି ପି.କେ ମିଶ୍ରଙ୍କୁ ରାଉରକେଲା ରେଲୱେ ଏସ୍‌ପି ଭାବେ ବଦଳି କରାଯାଇଥିବା ବେଳେ ରାମ ପ୍ରସାଦ ସାହୁ ହୋଇଛନ୍ତି ଦେବଗଡ ଏସ୍‌ପି।ଜୟପୁର ଏସ୍‌ଡିପିଓ ହରିଶ ବି.ସିଙ୍କୁ ରାୟଗଡା ଏସ୍‌ପି ଭାବେ ବଦଳି କରାଯାଇଥିବା ବେଳେ ବାଲିଗୁଡା ଏସ୍‌ଡିପିଓ ଯଶ୍‌ପ୍ରତାପ ଶ୍ରୀମଲ ହୋଇଛନ୍ତି ସୋନପୁର ଏସ୍‌ପି। ୨୦୨୦ ବ୍ୟାଚ୍‌ର ଏହି ଦୁଇ ଆଇପିଏସ୍ ଅଫିସରଙ୍କୁ ଏସ୍‌ପି ଭାବେ ପଦୋନ୍ନତି ମିଳିଛି।





## ସ୍ନାତକୋତ୍ତର ପରୀକ୍ଷାରେ ଶ୍ରେଷ୍ଠତା ପ୍ରତିପାଦନ କରି ସ୍ୱର୍ଣ୍ଣ ପଦକ ପାଇଲେ ଲୋପାମୁଦ୍ରା



ଭୁବନେଶ୍ୱର,୨୪।୧(ପି.ଏନ): ଭୁବନେଶ୍ୱରସ୍ଥିତ ଉତ୍କଳ ସଂସ୍କୃତି ବିଶ୍ୱବିଦ୍ୟାଳୟର ପ୍ରକାଶିତ ବିଗତ ସ୍ନାତକୋତ୍ତର ଡିଗ୍ରୀ ପରୀକ୍ଷା ଫଳ ପ୍ରକାଶ ପାଇଛି । ଏହି ପରୀକ୍ଷାରେ ସଂସ୍କୃତି ଶିକ୍ଷା ବିଭାଗରେ ସଫଳତାର ସହ ଉତ୍ତୀର୍ଣ୍ଣ ହେବା ସହ ଶ୍ରେଷ୍ଠତା ପ୍ରତିପାଦନ ପୂର୍ବକ ଶୀର୍ଷ ସ୍ଥାନ ଅଧିକାର କରି ସ୍ୱର୍ଣ୍ଣ ପଦକ ହାସଲ କରିବାକୁ ଯୋଗ୍ୟ ବିବେଚିତ ହୋଇ ଅଞ୍ଚଳ ପାଇଁ ଗୌରବ ଆଣିଛନ୍ତି ଯାଜପୁର ଜିଲ୍ଲା ଅନ୍ତର୍ଗତ ବଡ଼ଚଣା ବ୍ଲକ ସିହା ଗ୍ରାମର ଛାତ୍ରୀ ଲୋପାମୁଦ୍ରା ପ୍ରିୟଦର୍ଶିନୀ । ବିଶ୍ୱବିଦ୍ୟାଳୟର ଆସନ୍ତା ସମାବର୍ତ୍ତନ ଉତ୍ସବରେ ମହାମହିମ ରାଜ୍ୟପାଳଙ୍କ ଦ୍ୱାରା ତାଙ୍କୁ ଏଥିପାଇଁ ସମ୍ମାନୀତ କରାଯିବ ବୋଲି ଜଣାପଡିଛି । ଚଣ୍ଡିଖୋଲ କୋର୍ଟରେ କାର୍ଯ୍ୟରତ ବରିଷ୍ଠ ଆଇନଜୀବୀ ଉଦୟନାଥ ସାହୁ ଏବଂ ଗୃହିଣୀ ପ୍ରିୟଦର୍ଶନୀ ସାହୁଙ୍କ ଜ୍ୟେଷ୍ଠା କନ୍ୟା ଲୋପାମୁଦ୍ରା ଦଶମ ଶ୍ରେଣୀରୁ ଆରମ୍ଭ କରି ସ୍ନାତକୋତ୍ତର ଯାଏଁ ତାଙ୍କର ଶିକ୍ଷା ଯାତ୍ରାକୁ ବେଶ୍ ସଫଳତାର ସହ ବଜାୟ ରଖି ଆସିଛନ୍ତି । ନିଜର ଏହି ସଫଳତା ପାଇଁ ବିଶ୍ୱବିଦ୍ୟାଳୟର ସଂସ୍କୃତି ଶିକ୍ଷା ବିଭାଗ ମୁଖ୍ୟ ଡ଼ଃ ଆଶିଷ କୁମାର ମହପାତ୍ରଙ୍କ ସମେତ ବିଭାଗର ସମସ୍ତ ଅଧ୍ୟାପକଙ୍କୁ ଲୋପାମୁଦ୍ରା କୃତଜ୍ଞତା ଜ୍ଞାପନ କରିଛନ୍ତି ।

## ହିମନ୍ତ ବିଶ୍ୱଶର୍ମାଙ୍କ ଘୋଷଣା, ଲୋକସଭା ନିର୍ବାଚନ ପରେ ଗିରଫ ହେବେ ରାହୁଲ

ନୂଆଦିଲ୍ଲୀ,୨୪।୧(ପି.ଏନ): ଭାରତ ଯୋଡ ନ୍ୟାୟ ଯାତ୍ରାର ନେତୃତ୍ୱ ନେଉଥିବା କଂଗ୍ରେସ ନେତା ରାହୁଲ ଗାନ୍ଧିଙ୍କୁ ଲୋକସଭା ନିର୍ବାଚନ ପରେ ଗିରଫ କରାଯିବ ବୋଲି କହିଛନ୍ତି ଆସାମ ମୁଖ୍ୟମନ୍ତ୍ରୀ ହିମନ୍ତ ବିଶ୍ୱଶର୍ମା। ରାହୁଲଙ୍କ ନାଁରେ ଆସାମ ପୁଲିସ୍ ମାମଲା ରୁଜୁ କରିବାର ଦିନକ ପରେ ମୁଖ୍ୟମନ୍ତ୍ରୀ ହିମନ୍ତ ବିଶ୍ୱଶର୍ମା ଏହି ଘୋଷଣା କରିଛନ୍ତି ।ସେ କହିଛନ୍ତି, ଆମେ ଏକ ଏସ୍ ?ଆଇଟି ଗଠନ କରିବୁ। ଏସ୍ ?ଆଇଟି ମାମଲାର ତଦନ୍ତ କରିବ। ଲୋକସଭା ନିର୍ବାଚନ ସରିବା ପରେ ଆମେ ତାଙ୍କୁ ଗିରଫ କରିବୁ। ଯଦି ଆମେ ଏବେ କାର୍ଯ୍ୟାନୁଷ୍ଠାନ ନେବୁ, ତା'ହେଲେ ସେମାନେ କହିବେ ଏହା ଏକ ରାଜନୀତିକ ପଦକ୍ଷେପ। ଆମ ପାଖରେ ପ୍ରମାଣ ଅଛି। ଗତକାଲି ଗୌହାଟୀରେ ଏକ ବଡ ଘଟଣା ଘଟି ଯାଇଥା'ନ୍ତା। ସେ (ରାହୁଲ ଗାନ୍ଧି) ଲୋକଙ୍କୁ ଉସକାଇ ଥିଲେ ।ରାହୁଲ ଗାନ୍ଧି ତାଙ୍କ ଭାରତ ଯୋଡ ନ୍ୟାୟ ଯାତ୍ରା ସମୟରେ ପ୍ରସିଦ୍ଧ କାମାକ୍ଷା ମନ୍ଦିର ସହିତ ଅନ୍ୟାନ୍ୟ ପ୍ରମୁଖ ମନ୍ଦିରଗୁଡିକୁ ଯାଇ ନାହାନ୍ତି ବୋଲି ଦର୍ଶାଇ ହିମନ୍ତ ବିଶ୍ୱଶର୍ମା କହିଛନ୍ତି ଯେ ବିବାଦ ସୃଷ୍ଟି କରିବା କଂଗ୍ରେସର ଏକମାତ୍ର ଲକ୍ଷ୍ୟ ।ଶ୍ରୀ ବିଶ୍ୱଶର୍ମା କହିଛନ୍ତି, ଏହି ଯାତ୍ରାର ଏକମାତ୍ର ଲକ୍ଷ୍ୟ ହେଉଛି ଆସାମରେ ବିଶୃଙ୍ଖଳା ସୃଷ୍ଟି କରିବା ଓ ଶାନ୍ତି ଭଙ୍ଗ କରିବା। ଲୋକଙ୍କ ଧ୍ୟାନ ଆକର୍ଷଣ କରିବାକୁ ଚାହୁଁଥିବା ଏହି ନେତାଙ୍କ ଉଦ୍ଦେଶ୍ୟ ଆମେ ପୂରଣ ହେବାକୁ ଦେଇ ନାହୁଁ।



## କଲବଲ କରୁଛି ବର୍ଷା ସାଙ୍ଗକୁ କୋହଲା ପାଗ, ଆସନ୍ତା ଦୁଇ ଦିନ ଦେଖାଦେବ ଘନ କୁହୁଡି !

ଭୁବନେଶ୍ୱର,୨୪।୧(ପି.ଏନ): ଗତ ତିନି ଦିନ ହେଲା ରାଜ୍ୟରେ କେତେକ ଜିଲ୍ଲାରେ ବର୍ଷା ସାଙ୍ଗକୁ କୋହଲା ପାଗ ଲାଗି ରହିଛି। ଯାହାଫଳରେ ଜୀବନ ଯାତ୍ରା ପ୍ରଭାବିତ ହୋଇଛି। ଏମିତିକା ପାଗ ଆସନ୍ତାକାଲି ପର୍ଯ୍ୟନ୍ତ ଲାଗି ରହିବ। ଏହାଛଡା ସକାଳେ ଘନ କୁହୁଡି କଲବଲ କରିବ। ଘନ କୁହୁଡି ଆଗାମୀ ଦୁଇ ଦିନ ଧରି ଦେଖିବାକୁ ମିଳିବ ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପୂର୍ବାନୁମାନ କରିଛି। ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ଜାରି କରିଥିବା ବୁଲେଟିନ୍ ? ଅନୁସାରେ ବଙ୍ଗୋପସାଗର ଓ ତା'ର ଆଖପାଖ ଅଞ୍ଚଳରେ ଏକ ଗୁରୁଚାପ ବଳୟ ସକ୍ରିୟ ରହିଛି। ଏହାଛଡା ଆଉ ଏକ ନିମ୍ନଚାପ ରେଖା ଆଭ୍ୟନ୍ତରୀଣ କର୍ଣ୍ଣାଟକରୁ ଆଭ୍ୟନ୍ତରୀଣ ଓଡିଶା ଯାଏ ଲମ୍ବିଛି। ଏହି ଦୁଇ ପ୍ରକାର ପାଣିପାଗ ପ୍ରଭାବରେ ଆଗାମୀ ୨୪ ଘଣ୍ଟା ମଧ୍ୟରେ ରାଜ୍ୟରେ କିଛି ସ୍ଥାନରେ ହାଲୁକାରୁ ମଧ୍ୟମ ଧରଣର ବର୍ଷା ହେବ। ଆନ୍ତାକାଲି କେନ୍ଦ୍ରାପଡା, ଜଗତସିଂହପୁର, କନ୍ଧମାଳ, ରାୟଗଡା ଓ କୋରାପୁଟ ଜିଲ୍ଲାରେ ଗୋଟିଏରୁ ଦୁଇଟି ସ୍ଥାନରେ ବର୍ଷା ହେବାର ସମ୍ଭାବନା ରହିଛି।



## ଓଡ଼ିଶାରେ ହେବ ବିଶ୍ୱର ପ୍ରଥମ ଗ୍ରୀନ ଆମୋନିଆ ପ୍ଲାଣ୍ଟ

ଭୁବନେଶ୍ୱର,୨୪।୧(ପି.ଏନ): ଗୋପାଳପୁରରେ ବିଶ୍ୱର ପ୍ରଥମ ଗ୍ରୀନ୍ ଆମୋନିଆ ପ୍ଲାଣ୍ଟ ପ୍ରତିଷ୍ଠା ହେବ ବୋଲି ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ସୂଚନା ଦିଆଯାଇଛି। ଉକ୍ତ ସୂଚନା ଅନୁଯାୟୀ, ରାଜ୍ୟ ସରକାରଙ୍କ ମେକ୍ ଇନ୍ ଓଡ଼ିଶା କାର୍ଯ୍ୟକ୍ରମ ଅଧୀନରେ ଏସିଏମଇ ଗ୍ରୁପ୍ ଏବଂ ଜାପାନର ଆଇଏଚ୍‌ଆଇ କର୍ପୋରେସନ୍ ଦ୍ୱାରା ପ୍ରାୟ ୧.୩ ଏମ୍‌ଟିପିଏ ଗ୍ରୀନ୍ ଆମୋନିଆ ପ୍ଲାଣ୍ଟ ସ୍ଥାପନ କରାଯିବ। ଏସିଏମଇ ଗ୍ରୁପ୍ ଏବଂ ଆଇଏଚ୍‌ଆଇର ବରିଷ୍ଠ ଅଧିକାରୀମାନେ ଆଜି ୫ଟି ଅଧ୍ୟକ୍ଷ ଭିକେ ପାଣ୍ଡିଆନଙ୍କ ଉପସ୍ଥିତିରେ ମୁଖ୍ୟମନ୍ତ୍ରୀଙ୍କୁ ଭେଟି ୩,୭୦୦ ଲୋକଙ୍କ ନିଯୁକ୍ତି ସୁଯୋଗ ଥିବା ଏହି ପ୍ରକଳ୍ପ ବିଷୟରେ ଅବଗତ କରାଇଛନ୍ତି। ଗ୍ରୀନ୍ ଆମୋନିଆ ପ୍ଲାଣ୍ଟ ପାଇଁ ମୋଟ ୬୦,୦ କୋଟି ଟଙ୍କା ବିନିଯୋଗ କରାଯିବ ଏବଂ ଏହି ସବୁଜ ଆମୋନିଆ ସବୁଜ ହାଇଡ୍ରୋଜେନରୁ ଉତ୍ପାଦନ ହେବ ଏବଂ ଉତ୍ପାଦନ କେନ୍ଦ୍ରଗୁଡ଼ିକ ଅକ୍ଷୟ ଶକ୍ତି ଦ୍ୱାରା ପରିଚାଳିତ ହେବ ବୋଲି ସୂତ୍ରରୁ ପ୍ରକାଶ ।ସୂଚନାଯୋଗ୍ୟ, ଗୋପାଳପୁର ଇଣ୍ଡଷ୍ଟ୍ରିଆଲ ପାର୍କ (ଜିଆଇପି)ରେ ଏହି ପ୍ରକଳ୍ପ ପାଇଁ ଏସିଏମଇ ଗ୍ରୁପ୍ ଟାଟା ଷ୍ଟିଲ୍ ସ୍ୱ ?ଶାଳ ଇକୋନୋମିକ୍ ଜୋନ୍ ଲିମିଟେଡ୍ (ଟିଏସ୍‌ଇଜେଡ୍‌ଏଲ୍) ସହ ୩୪୩ ଏକର ଜମି ପାଇଁ ବୁଝାମଣାପତ୍ର ସ୍ୱାକ୍ଷର କରିସାରିଛି। ଅଗଷ୍ଟରେ ଏହି ଚୁକ୍ତି ସ୍ୱାକ୍ଷରିତ ହୋଇଥିଲା



## ଶଙ୍ଖ ଛାଡ଼ି ହାତ ଧରିଲେ ବଳଭଦ୍ର ମାଝୀ

ଭବାନୀପାଟଣା,୨୪।୧(ପି.ଏନ): ଶଙ୍ଖ ଛାଡ଼ି ହାତ ଧରିଲେ ପୂର୍ବତନ ମନ୍ତ୍ରୀ ବଳଭଦ୍ର ମାଝୀ। ଦୁଇ ସପ୍ତାହ ତଳେ ବିଜେଡି ଛାଡିଥିବା ପୂର୍ବତନ ମନ୍ତ୍ରୀ ବଳଭଦ୍ର ମାଝୀ ବିଧିବଦ୍ଧ ଭାବେ କଂଗ୍ରେସରେ ଯୋଗ ଦେଇଛନ୍ତି। ଭବାନୀପାଟଣାରେ କଂଗ୍ରେସ ପ୍ରଭାରୀ ଅଜୟ କୁମାର, ପିସିସି ସଭାପତି ଶରତ ପଟ୍ଟନାୟକଙ୍କ ଉପସ୍ଥିତିରେ ସେ ଦଳରେ ମିଶିଛନ୍ତି। ଜାନୁଆରୀ ୮ ତାରିଖରେ ବିଜେଡିରୁ ଇସ୍ତଫା ଦେଇଥିଲେ ବଳଭଦ୍ର ମାଝୀ। ତାଙ୍କର ଦଳ ଛାଡ଼ିବା ପଛର କାରଣ ପଚରା ଯିବାରୁ ସେ କହିଥିଲେ, ମୁଖ୍ୟମନ୍ତ୍ରୀଙ୍କୁ ଭେଟିବାକୁ ଇଚ୍ଛା କରିଥିଲି। କିନ୍ତୁ ଭେଟିବାକୁ ଦିଆଗଲାନି। ଜଣେ କର୍ମଚାରୀଙ୍କ ମାଧ୍ୟମରେ ଭେଟିବାକୁ କୁହାଗଲା। ଉଦ୍ୟମ କରି ବି ଭେଟିପାରିଲି ନାହିଁ। ତେଣୁ ଇସ୍ତଫା ଦେଲି।



## ଓଡ଼ିଆ ବିଶ୍ୱବିଦ୍ୟାଳୟର ନୂଆ କ୍ୟାମ୍ପସ୍ ଲୋକାର୍ପିତ

ପୁରୀ,୨୪।୧(ପି.ଏନ): ସତ୍ୟବାଦୀ ଠାରେ ଓଡ଼ିଆ ବିଶ୍ୱବିଦ୍ୟାଳୟର ନୂଆ କ୍ୟାମ୍ପସ୍ ଲୋକାର୍ପିତ କରିଲେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ। ଓଡିଆ ଭାଷାର ବରପୁତ୍ର ମାନଙ୍କୁ ପ୍ରଣାମ ଜଣାଇଲେ ମୁଖ୍ୟମନ୍ତ୍ରୀ। "ଓଡ଼ିଆ ଜାତି ପାଇଁ ବର୍ତ୍ତମାନ ସମୟ ହେଉଛି ଏକ ଗୌରବମୟ ସମୟ । ଯୁବ ପିଢିଙ୍କ ମଧ୍ୟରେ ଓଡ଼ିଆ ଭାଷା ପ୍ରତି ଆଗ୍ରହ ସୃଷ୍ଟି କରାଯିବ ଜରୁରୀ। ସାମାଜିକ ଗଣମାଧ୍ୟମରେ ଓଡ଼ିଆ ଭାଷାର ବ୍ୟବହାର ବଢିବା ଦରକାର। ଓଡ଼ିଆ ଭାଷାରେ ଭଲ ସାହିତ୍ୟ ସୃଷ୍ଟି ପାଇଁ ଓଡ଼ିଆ ବିଶ୍ୱବିଦ୍ୟାଳୟ ଉଦ୍ୟମ କରୁ।" ଲୋକାର୍ପଣ ସମୟରେ ଏପରି ବାର୍ତ୍ତା ଦେଇଛନ୍ତି ନବୀନ ।ସେ କହିଲେ ଯେ ନିକଟରେ ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ପରିକ୍ରମା ପ୍ରକଳ୍ପ ଉଦ୍‌ଘାଟିତ ହୋଇଛି। ଆଜି ଓଡ଼ିଆ ବିଶ୍ୱ ବିଦ୍ୟାଳୟର କ୍ୟାମ୍ପସ୍ ଉଦ୍‌ଘାଟିତ ହେଲା। ଜାନୁଆରୀ ୨୭ ତାରିଖରେ ସମଲେଇ ପ୍ରକଳ୍ପ ଲୋକାର୍ପିତ ହେବାକୁ ଯାଉଛି ଏବଂ ଫେବୃଆରୀ ୩ ତାରିଖରେ ପ୍ରଥମ ବିଶ୍ୱ ଓଡ଼ିଆ ଭାଷା ସମ୍ମିଳନୀ ହେବ। ତେଣୁ ନିଶ୍ଚିତ ଭାବେ ଏହା ଆମ ସମସ୍ତଙ୍କ ପାଇଁ, ସମଗ୍ର ଓଡ଼ିଆ ଜାତି ପାଇଁ ଏହା ଏକ ଗୌରବର ସମୟ, ଅସ୍ମିତାର ସମୟ ।ଏହି ଅବସରରେ ବିଶ୍ୱ ବିଦ୍ୟାଳୟ କୁଳପତି, ପ୍ରାଧ୍ୟାପକ, ଓ ଛାତ୍ର ଛାତ୍ରୀ ମାନଙ୍କୁ ଅଭିନନ୍ଦନ ଜଣାଇ ମୁଖ୍ୟମନ୍ତ୍ରୀ କହିଲେ ଯେ ଆମ ସଂସ୍କୃତି, ଆମ ଜୀବନଧାରା, ଆମ ପରମ୍ପରାକୁ ଭିତ୍ତି କରି ଭଲ ଭଲ ସାହିତ୍ୟ ସୃଷ୍ଟିକୁ ପ୍ରୋତ୍ସାହନ ଦେବା ଦରକାର। ଏ ଦିଗରେ ଓଡିଆ ବିଶ୍ୱବିଦ୍ୟାଳୟ ନେତୃତ୍ୱ ନେବ ବୋଲି ସେ ଆଶା ପ୍ରକାଶ କରିଥିଲେ।



## କନିଷ୍ଠ ଶିକ୍ଷକ ନିଯୁକ୍ତିରେ ଅନିୟମିତତାକୁ ନେଇ ସ୍ପଷ୍ଟିକରଣ ରଖିଲା ଓସେପା

ଭୁବନେଶ୍ୱର,୨୪।୧(ପି.ଏନ): କନିଷ୍ଠ ଶିକ୍ଷକ ନିଯୁକ୍ତିରେ ଅନିୟମିତତାକୁ ନେଇ ଅଭିଯୋଗକୁ ନେଇ ବଡ ଖବର ସାମ୍ନାକୁ ଆସିଛି । କନିଷ୍ଠ ଶିକ୍ଷକ ନିଯୁକ୍ତିରେ ଅନିୟମିତତାକୁ ନେଇ ଓସେପାର ସ୍ପଷ୍ଟିକରଣ ସାମ୍ନାକୁ ଆସିଛି । ରାୟଉଓଖ ପକ୍ଷରୁ ପରୀକ୍ଷାର ଆୟୋଜନ ଓ ଫଳାଫଳ ପ୍ରକାଶ ପାଇଥିବା କହିଛି ଓସେପା । ଅପରପକ୍ଷରେ କନିଷ୍ଠ ଶିକ୍ଷକ ନିଯୁକ୍ତି ମାମଲାରେ ନୂଆ ମୋଡ । ରାଜ୍ୟ ସରକାରଙ୍କୁ ଜବାବ ତଲବ କରିଛନ୍ତି ହାଇକୋର୍ଟ । ପୂର୍ବ ପ୍ରକାଶିତ ଲିଷ୍ଟ ପ୍ରତ୍ୟାହାର ହୋଇଛି ନା ନାହିଁ ସତ୍ୟପାଠ ମାଧ୍ୟମରେ ଜଣାଇବାକୁ ନିର୍ଦ୍ଦେଶ ଦେଲେ ହାଇକୋର୍ଟ । ଜିଲ୍ଲା ଓ୍ୱାରୀ ମେରିଟ୍ ଲିଷ୍ଟ ଜାରି ହୋଇଥିବା କହିଲେ ରାଜ୍ୟ ସରକାର । ଆସନ୍ତା ୩୦ ତାରିଖରେ ହେବ ମାମଲାର ପରବର୍ତ୍ତୀ ଶୁଣାଣି ।ଓଡିଶା ବିଦ୍ୟାଳୟ ଶିକ୍ଷା କାର୍ଯ୍ୟକ୍ରମ ପ୍ରାଧିକରଣର ଶିକ୍ଷକ ନିଯୁକ୍ତି ପରୀ୪ାରେ ପ୍ରାର୍ଥୀଙ୍କ ଅଡମିଟ୍ କାର୍ଡ଼କୁ ନେଇ ବିବାଦ ସୃଷ୍ଟି ହୋଇଥିଲା । ଏହି ପରୀକ୍ଷାରେ ଜଣେ ପ୍ରାର୍ଥୀଙ୍କ ନାମ ମାହାଲ ମାଣ୍ଡା ରହିଥିବା ବେଳେ ପିତାଙ୍କ ନାମ ସ୍ଥାନରେ 'ମାହାଲ ମାଣ୍ଡା ପ୍ରୋ' ରହିଥିବାର ଅଭିଯୋଗ ହୋଇଥିଲା ।

## ଦୁର୍ଘଟଣାଗ୍ରସ୍ତ ହେଲା ସେନା ବିମାନ, ୭୪ ମୃତ

ନୂଆଦିଲ୍ଲୀ,୨୪।୧(ପି.ଏନ): ଦୁର୍ଘଟଣାଗ୍ରସ୍ତ ହେଲା ସେନା ବିମାନ। ଋଷର ଏକ ସେନା ବିମାନ ୟୁକ୍ରେନ୍ ସୀମା ନିକଟରେ କ୍ରାଶ ହୋଇଛି। ଏହି ଦୁର୍ଘଟଣାରେ ୭୪ ଜଣଙ୍କ ମୃତ୍ୟୁ ହୋଇଥିବା ସୂଚନା ମିଳିଛି। ଋଷ ପ୍ରତିରକ୍ଷା ମନ୍ତ୍ରଣାଳୟ ପକ୍ଷରୁ ଏନେଇ ସ୍ପଷ୍ଟ କରାଯାଇଛି ।ରାଏଟର୍ସର ସୂଚନା ମୁତାବକ, ଋଷ ସେନା ବିମାନ ଆଇଏଲ-୭୬ ଟ୍ରାନ୍ସପୋର୍ଟ ବିମାନ ୟୁକ୍ରେନ ସୀମା ନିକଟସ୍ଥ ପଶ୍ଚିମ ବେଲଗ୍ରୁଡ ଅଞ୍ଚଳରେ ଦୁର୍ଘଟଣାଗ୍ରସ୍ତ ହୋଇଛି। ଏହି ବିମାନରେ ୟୁକ୍ରେନର ସେହି ଲୋକମାନେ ଥିଲେ ଯେଉଁମାନଙ୍କୁ ଯୁଦ୍ଧବନ୍ଦୀ ରୂପେ ଅପହରଣ କରାଯାଇଥିଲା।





## ଶିମିଳିପାଳରେ ହେବ କଳା ବାଘ ସଫାରୀ

ଭୁବନେଶ୍ୱର,୨୪।୧(ପି.ଏନ): ଶିମିଳିପାଳ ଅଭୟାରଣ୍ୟ ହେଉଛି ଏସିଆ ମହାଦେଶର ସର୍ବ ବୃହତ୍ ଜୈବ ମଣ୍ଡଳ। ଏହି ଅଭୟାରଣ୍ୟ ପାଇଁ ଆସିଛି ଖୁସି ଖବର। ଶିମିଳିପାଳରେ ହେବ କଳା ବାଘ (ମେଲାନିଷ୍ଟିକ ବାଘ) ସଫାରୀ। କଳା ବାଘ ସଫାରୀ ହେବା ନେଇ ସୋଶାଲ୍ ମିଡିଆ 'ଏକ୍ସ'ରେ ସୂଚନା ଦେଇଛନ୍ତି ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ। ଦୂରଦୂରାନ୍ତରୁ ଅସୁଥିଲା ପର୍ଯ୍ୟଟକମାନେ ସଫାରୀରେ କଳା ବାଘକୁ ଦେଖିପାରିବେ।

## ଘାଟିରେ ଓଲଟିଲା 'ଧଉଳି ଗଣନାଟ୍ୟ' ଟ୍ରକ୍, ୫ ମୃତ, ୧୨ ଗୁରୁତର

ବାରିପଦା,୨୪।୧(ପି.ଏନ): ଘାଟିରେ ଏକ ଯାତ୍ରା ପାର୍ଟି ଟ୍ରକ ଓଲଟି ପଡି ୫ ଜଣଙ୍କର ମୃତ୍ୟୁ ହୋଇଥିବା ଖବର ବର୍ତ୍ତମାନ ସାମ୍ନାକୁ ଆସିଛି । ଏହି ଦୁର୍ଘଟଣାରେ ୧୨ରୁ ଅଧିକ ଗୁରୁତର ଅଛନ୍ତି । ସମସ୍ତ ଗୁରୁତରଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଛି । ୪୯ନଂ ଜାତୀୟ ରାଜପଥ ବାଙ୍ଗିରିପୋଷି ଘାଟିରେ ଏହି ଦୁର୍ଘଟଣାଟି ଘଟିଛି ।ସୂଚନା ଅନୁଯାୟୀ, ଯାତ୍ରା ପାର୍ଟି ଲୋକେ ଏକ ଟ୍ରକରେ ଯାତ୍ରା କରୁଥିବା ସମୟରେ ଏପରି ଅଘଟଣ ଘଟିଛି । ଯାହାଦ୍ୱାରା ଘଟଣାସ୍ଥଳରେ ୫ ଜଣଙ୍କର ମୃତ୍ୟୁ ଘଟିଥିବା ବେଳେ ୧୨ ଜଣ ଆହତ ହୋଇଛନ୍ତି । ଘାଟିରେ ଗାଡି ଓଲଟି ପଡିଲା ପରେ ନିକଟରେ ଥିବା ଲୋକେ ପୋଲିସ ଏବଂ ଆମ୍ବୁଲାନ୍ସକୁ ଡାକି ଉଦ୍ଧାର କାର୍ଯ୍ୟ ଆରମ୍ଭ କରିଥିଲେ । ବର୍ତ୍ତମାନ ପୋଲିସ ତଦନ୍ତ ଚଳାଇଛି ।ଏହି ଟ୍ରକଟି ରାଇରଙ୍ଗପୁରରୁ ଜଳେଶ୍ୱର ଅଭିମୁଖେ ଯାଉଥିଲା । ଗାଡିରେ ଲାଇଟ ସରଞ୍ଜାମ ନେଇ ଟ୍ରକରେ କର୍ମଚାରୀମାନେ ଯାଉଥିଲେ । ଦୁର୍ଘଟଣାରେ ସମସ୍ତ ୧୨ ଜଣ ଗୁରୁତରଙ୍କୁ ବାଙ୍ଗିରିପୋଷି ମେଡିକାଲରେ ଭର୍ତ୍ତି କରାଯାଇଛି ।










# ଟି ଟାଇମ୍



## ଜୋକ୍ସ

ଚିଣ୍ଟୁ-ବାପା କାଲି ଆମ ସ୍କୁଲକୁ ଯିବ, ଗୋଟେ ଛୋଟିଆ ଗେଟ ଟୁଗେଦର ଅଛି
ବାପା-କିଏ କିଏ ଆସୁଛନ୍ତି ?
ଚିଣ୍ଟୁ-କେହି ନୁହେଁ, ମୁଁ ତମେ ଆଉ ପ୍ରିନ୍ସପାଲ।

# ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ’ଣ ସେହି ଗଛ ନିଜେ ହିଁ ସେ ଅଞ୍ଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧ୍ୟରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧ୍ୟରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଲି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧ୍ୟରେ ରଖିଦିଅନ୍ତି । ତା’ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଢଦର ବ୍ୟବହାର କରନ୍ତି । ଗଛ ମଧ୍ୟରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।

## ପୁରାଣ କାହାଣୀ

# ରାଜାଙ୍କ ଗର୍ବ ଖର୍ବ ହେଲା



ଏକଦା ତ୍ରିବିକ୍ରମଙ୍କ ରାଣୀ ତାଙ୍କୁ କିଛି ପରାମର୍ଶ ଦେଲେ ଆପଣଙ୍କ ମନରେ ଉଙ୍କି ମାରୁଥିବା ପ୍ରଶ୍ନକୁ ଖୋଲି ଗୁରୁଙ୍କୁ ପଚାର । ତ୍ରିବିକ୍ରମ ମନରେ ସାହସ ବାନ୍ଧି ଗୁରୁଙ୍କୁ ପ୍ରଶ୍ନ ପଚାରିଲେ ହେ ଗୁରୁବର ଆପଣଙ୍କଠାରୁ ମୁଁ ଶିକ୍ଷା ଗ୍ରହଣ କରୁଛି କିନ୍ତୁ ମୋର କିଛି ଲାଭ ହେଉନାହିଁ । ଏପରି କାହିଁକି ହେଉଛି । ଗୁରୁ ଶାନ୍ତର ସହ କହିଲେ ହେ ରାଜନ ! କଥା ବହୁ ଛୋଟ କିନ୍ତୁ ଆପଣ ଏହି ଛୋଟ କଥା ଉପରେ ଗୁରୁତ୍ୱ ଦେଇନାହାନ୍ତି । ବଡ଼ ହେବାର ଅହଂକାର ଅହଂଭାବ ଯୋଗୁଁ ଆପଣ ମୋ ଜ୍ଞାନକୁ ସହଜେ ଗ୍ରହଣ କରିପାରୁ ନାହାଁନ୍ତି ଓ ଶିକ୍ଷା ଗ୍ରହଣ କରିବାକୁ ଦେଉନାହିଁ । ଏତିକି କହି ଗୁରୁ ରହିଗଲେ । ତ୍ରିବିକ୍ରମଙ୍କୁ ଲାଗିଲା ଯେ ଗୁରୁ କାରଣକୁ ଖୋଜି ବୁଝିପାରିଛନ୍ତି କିନ୍ତୁ ସେ ସେପରି ଗୁରୁଙ୍କୁ ଚାହିଁ ରହିଥାନ୍ତି ଗୁରୁ ତାଙ୍କର କଥା ପୁଣି ଥରେ ଆରମ୍ଭ କରି କହିଲେ ଏହା ସତ୍ୟ ଯେ ଆପଣ ଜଣେ ରାଜା ପଦ ଓ ପ୍ରତିଷ୍ଠାରେ ଆପଣ ମୋଠାରୁ ବଡ଼ା କିନ୍ତୁ ଏଠାରେ ମୁଁ ଓ ଆପଣଙ୍କ ମଧ୍ୟରେ ଥିବା ସମ୍ପର୍କ ହେଉଛି ଗୁରୁଓ ଶିଷ୍ୟର ସଂପର୍କ। ଗୁରୁ ହୋଇଥିବା କାରଣରୁ ମୋ ସ୍ଥାନ ସର୍ବଦା ଉଚ୍ଚରେ ରହିବା ଉଚିତ୍। ଆପଣ ରାଜଦରବାରରେ ସର୍ବଦା ଉଚ୍ଚ ସିଂହାସନରେ ବସିଥିବା ବେଳେ ଆପଣଙ୍କ ସୈନ୍ୟ ଓ ରାଜଗୁରୁ ସେନାପତି ଇତ୍ୟାଦି ତଳ ଆସନରେ ବସିବାକୁ ଦେଇଥାନ୍ତି ଏହି କାରଣରୁ ଆପଣ ଶିକ୍ଷା ଗ୍ରହଣ କରିପାରୁ ନାହାନ୍ତି ଆପଣ ରାଜା ଏଥିପାଇଁ ଆପଣ ଏକଥା କହିପାରୁନଥିଲେ।ଗୁରୁଙ୍କ ଏପରି କଥା ଶୁଣି ରାଜା ତ୍ରିବିକ୍ରମ ନିଜର ଭୁଲ୍‌କୁ ବୁଝିପାରି ଗୁରୁଙ୍କୁ କ୍ଷମା ମାଗିଲେ ଓ ଶିକ୍ଷା ଗ୍ରହଣ କରିବାରେ ଲାଗିଲେ

## ଆଜିର ଭାଗ୍ୟ

**ମେଷ** – ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ । ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ । ଶତ୍ରୁ ବୃଦ୍ଧି ହୋଇପରେ । ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ ।

**ବୃଷ** – ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ । ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ । ମହିଳାମାନେ ଅପମାନିତ ହୋଇପରନ୍ତି ।

**ମିଥୁନ** – ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ । ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ । ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ ।

**କର୍କଟ** – ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ । ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି । ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ । ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ ।

**ସିଂହ** – ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ । ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ । ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ । ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ ।

**କନ୍ୟା** – ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ । କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ । ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ ।

**ତୁଳା** – ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ । କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ । ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ । ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ ।

**ବିଛା** – ଚତୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ । ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ । ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ ।

**ଧନୁ** – ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ । ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ । ରାଜନୀତିକ ସ୍ତରରେ ଉନ୍ନତି କରିବେ । ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ ।

**ମକର** – କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ । ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ । ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ । ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ ।

**କୁମ୍ଭ** – ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ । ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ । ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ । ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ ।

**ମୀନ** – ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ । ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ । କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି । ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ ।

# ରୋବଟ କରେ ହୋଟେଲ କାମ




ଜାପାନରେ ଏକ ଏଭଳି ହୋଟେଲ ରହିଛି; ଯାହା ଆଜିକାଲି ଚର୍ଚ୍ଚାରେ ରହିଛି । ଏହି ହୋଟେଲର ସବୁଠାରୁ ବଡ଼ ବିଶେଷତ୍ୱ ହେଉଛି ଏଠାରେ ଜଣେ ହେଲେ କର୍ମଚାରୀ ମଣିଷ ନୁହନ୍ତି । ସମସ୍ତେ ହେଉଛନ୍ତି ରୋବଟ । ଉକ୍ତ ହୋଟେଲରେ ସମସ୍ତ କାମର ଦାୟିତ୍ୱ ରୋବଟଙ୍କ ଉପରେ ଦିଆଯାଇଛି । ହୋଟେଲକୁ ଆସୁଥିବା ଆଗନ୍ତୁକଙ୍କ ପାଇଁ ଦ୍ୱାରା ଖୋଲିବାଠାରୁ ନେଇ ବୁକିଂ କରିବା ପର୍ଯ୍ୟନ୍ତ କାମ ରୋବଟ ହିଁ ତୁଲାଇଥାନ୍ତି । ‘ହେନ ନା’ ହୋଟେଲରେ ପୂର୍ବରୁ କାମ କରୁଥିବା ସମସ୍ତ କର୍ମଚାରୀଙ୍କୁ ଛଟେଇ କରିଦିଆଯାଇଛି । ୭୨ କକ୍ଷ ରହିଥିବା ଏହି ଆମୋଦଦାୟକ ହୋଟେଲର ଅଭ୍ୟର୍ଥନା କକ୍ଷରେ ଯୁବତୀଙ୍କ ପୋଷାକ ପରିଧାନ କରି ଜଣେ ରୋବଟକୁ ବସାଯାଇଛି । ଏକ ଯାନ୍ତ୍ରିକ ଡାଏନୋସର ଆଗନ୍ତୁକଙ୍କୁ ସ୍ୱାଗତ କରିଥାଏ । ‘ହେନ ନା’ ଅର୍ଥ ଅଲୌକିକ । ଜାପାନରେ ଏହି ହୋଟେଲରେ ଗୋଟିଏ ରାତି କଟାଇବା ପାଇଁ ୭୨ ଡଲାର ଦେବାକୁ ହୋଇଥାଏ । ଆଗନ୍ତୁକଙ୍କ ଜିନିଷପତ୍ର ରୋବଟ ହିଁ ଉଠାଇଥାନ୍ତି ଏବଂ ଆଗନ୍ତୁକଙ୍କୁ ବୁକିଂ ହୋଇଥିବା କକ୍ଷ ପର୍ଯ୍ୟନ୍ତ ନେଇଯା’ନ୍ତି । ଏହି ହୋଟେଲକୁ ଚଳାଉଥିବା ହିଡିୟୋ ସଓ୍ୱାଡା କହିଛନ୍ତି ଯେ ରୋବଟଙ୍କ ବ୍ୟବହାର କେବଳ ଲୋକଙ୍କ ଧ୍ୟାନ ଆକର୍ଷଣ କରିବା ପାଇଁ କରାଯାଉନାହିଁ; ବରଂ ବୈଷୟିକ ଜ୍ଞାନକୌଶଳର ଭରପୂର ଫାଇଦା ଉଠାଇବା ଲାଗି କରାଯାଉଛି ।

# ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ



ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ ।

# ବାଲି ନିର୍ମିତ ହୋଟେଲ୍



ପିଲାଦିନେ ଆମେ ବାଲିରେ ଅନେକ ଘର ବନାଇ ଖେଳନ୍ତି । କିନ୍ତୁ ସେହି ଘର ସାମାନ୍ୟ ଆଘାତରେ ଭାଙ୍ଗିଯାଏ । କିନ୍ତୁ ନେଦରଲ୍ୟାଣ୍ଡର କିଛି ମୂର୍ତ୍ତି ନିର୍ମାଣକାରୀ ଏହି ବାଲି ଘରକୁ ସ୍ଥାୟୀ ବନାଇବାରେ ସଫଳ ହୋଇଛନ୍ତି ଗୋଟିଏ ହୋଟେଲ୍ ମାଧ୍ୟମରେ । ନେଦରଲ୍ୟାଣ୍ଡର ଓସ୍ ଟାଉନ୍‌ରେ ନିର୍ମାଣ କରାଯାଇଛି ଏହି ହୋଟେଲ୍ । ଏବେ କିନ୍ତୁ ସେହି ହୋଟେଲ୍‌ରେ ଗୋଟିଏ ରୁମ୍‌ର ବ୍ୟବସ୍ଥା କରାଯାଇଛି । ସେହି ରୁମ୍‌ରେ ରହିବାକୁ ହେଲେ ଆପଣଙ୍କୁ ଗୋଟିଏ ଦିନ ପାଇଁ ୧୧ହଜାରଟଙ୍କା ମୂଲ୍ୟ ଦେବାକୁ ହେବ। ହୋଟେଲ୍‌ର ମ୍ୟାନେଜର ମାଦ ବେନ୍ ଲିଓ୍ୱେନ କହନ୍ତି ନେଦରଲ୍ୟାଣ୍ଡରେ ଏଭଳି ବାଲି ତିଆରି ହୋଟେଲ୍ ବନାଇବାର ଆଇଡିଆ ତାଙ୍କୁ ଫିନ୍‌ଲ୍ୟାଣ୍ଡ ଓ ସ୍ୱୀଡେନ୍ ମିଳିଥିଲା । ସେଠାରେ ବରଫ ନିର୍ମିତ ହୋଟେଲ୍ ଦେଖିବାକୁ ମିଳେ । ସେହି ହୋଟେଲ୍ ମଧ୍ୟରେ ବରଫ ନିର୍ମିତ ବେଡ୍ ରହିଛି, ଘରମାନଙ୍କର ତାପମାତ୍ରା ୮ଡିଗ୍ରୀ ସେଲସିୟସ୍ କମ୍ ରହିଥାଏ । ଲିଓ୍ୱେନ୍ ବାଲିର ହୋଟେଲ୍ ବନାଇବା ପାଇଁ ହଜାର ଟନ୍ ବାଲି ସଂଗ୍ରହ କରିଥିଲେ । ବାଲି ଘରକୁ ସୁଦୃଢ଼ କରିବା ପାଇଁ କାଠର ଢ଼ାଞ୍ଚା ପ୍ରସ୍ତୁତ ହୋଇଥିଲା । ପରେ ବାଲିର ଛାତ, ଭୂଇଁ ଓ କାନ୍ଥ ପ୍ରସ୍ତୁତ ହୋଇଥିଲା । ହୋଟେଲରେ ଅତିଥିଙ୍କ ପାଇଁ ଓ୍ୱାଇଫାଇ, ଲାଇଟ୍ ଓ ପାଣିର ସୁବିଧା ରହିଛି ।

# ୩ ଫୁଟର ବର-କନ୍ୟା



କଥାରେ କୁହନ୍ତି ଯୋଡି ଭଗବାନ ବନାଇ ଥାଆନ୍ତି । ଭଗବାନ ହିଁ ପ୍ରତ୍ୟେକ ମଣିଷ ପାଇଁ ସଠିକ ଜୀବନସାଥୀ ଚୟନ କରିଥାନ୍ତି । ନିକଟରେ ମହାରାଷ୍ଟ୍ରର ଗୋଣ୍ଡାଲବା ସହରର ଛାଜେଡ ପରିବାରରେ ଏକ ବିବାହ ସମ୍ପନ୍ନ ହୋଇଛି । ବିବାହରେ ବରର ଉଚ୍ଚତା ପାଖାପାଖି ୩ ଫୁଟ ହୋଇଥିବା ବେଳେ କନ୍ୟାର ଉଚ୍ଚତା ବି ସେତିକି । ଛାଜେଡ ପରିବାରରେ ଦୁଇ ପୁଅ ଅଛନ୍ତି । ଦୁଇ ଜଣଙ୍କ ଉଚ୍ଚତା ମାତ୍ର ୩.୬ ଫୁଟ । ସେହି ପରିବାରର ସାନ ପୁଅ ଧୀରଜ ବିବାହ କରିଥିଲେ ନିକଟସ୍ଥ ଗାଁର ପୂଜା ସୁରାଣାଙ୍କୁ । ପୂଜାଙ୍କ ଉଚ୍ଚତା ୩.୨ ଫୁଟ ହେବ । ଏହା ପୂର୍ବରୁ ତାଙ୍କ ବଡ ଭାଇଙ୍କ ବିବାହ ଜଣେ ୩.୩ ଫୁଟ ଉଚ୍ଚତାର କନ୍ୟା ସହ ହୋଇଥିଲା । ଏହି ପରିବାରର ସମସ୍ତଙ୍କ ଉଚ୍ଚତା ପ୍ରାୟ ସମାନ ହୋଇଥିବାରୁ ଏହାକୁ ଭଗବାନଙ୍କ ବରଦାନ ବୋଲି କେହି କେହି କୁହନ୍ତି ।

# ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଞ୍ଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିଡ଼ମ ଘାସ। କାର ନିର୍ମାତାମାନେ ସେହି ସିଡ଼ମ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚାଲିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍‌କୁ ପ୍ରଥମେ ଜର୍ମାନଠାରେ ସ୍ଟଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ଼ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍‌କୁ ନେଇ ଅଧିକ ଜାଗ୍ରତ ଅଛନ୍ତି।

# ମିଥ୍ୟା ଅଭିମାନ ଉନ୍ନତି ପଥରେ ବାଧକ ସାଜିଥାଏ

ସଫଳତା ହାସଲ କରିବାରେ ଯେଉଁ ଖୁସି ମିଳେ ତାହା କହିହୁଏ ନାହିଁ । କିନ୍ତୁ ସେହି ଖୁସି ଯଦି ଅଧିକରୁ ଅଧିକ ହେଲା ତାହା କ୍ରନ୍ଦନରେ ପରିଣତ ହୋଇଥାଏ। ଖୁସି, ଉଲ୍ଲାସ, ଆନନ୍ଦ ହେବା ସମସ୍ତଙ୍କର ଅଧିକାର । ଏହି ଅଧିକାରରୁ କେହି ବଞ୍ଚିତ ନୁହଁନ୍ତି । ଯିଏ ଏଥିରୁ ବଞ୍ଚିତ ସେ ସର୍ବଦା ଦୁଃଖରେ କାଳାତିପାତ କରିଥାଏ ବୋଲି ଅନେକ କୁହନ୍ତି । ନିଜ ଖୁସିରେ ଖୁସି ନ ହୋଇ ଅନ୍ୟ ଖୁସିରେ ଖୁସି ହେଲେ ଆତ୍ମାକୁ ଆନନ୍ଦ ମିଳିବା ସହ ସଦା ସର୍ବଦା ପ୍ରଫୁଲ୍ଲ ହୋଇଥାନ୍ତି। ଏକଦା ୟୁରୋପ ସେନା ଯୁଦ୍ଧରେ ବିଜୟୀ ହୋଇ ୟୁରୋପ୍ ରାଜାଙ୍କ ମାନ ରଖିଲେ । ସେନାଙ୍କ ବିଜୟରେ ରାଜା ପ୍ରସନ୍ନ ହୋଇ ସେନାପତିଙ୍କ ସହ ସୈନ୍ୟଗଣଙ୍କୁ ସ୍ୱାଗତ ଲାଗି ଯୋଜନା କଲେ । ରାଜା ତାଙ୍କ ମନ୍ତ୍ରୀମାନଙ୍କୁ କହିଲେ, ସେନାପତି ରାଜ୍ୟରେ ପ୍ରବେଶ କରିବା ମାତ୍ରେ ତାଙ୍କର ଜୟଜୟକାର ହେଉ । ଏହି ଭବ୍ୟ ସମାଚାର ପାଇ ସେନାପତି ବହୁ ପ୍ରସନ୍ନ ହେଲେ । ସେ ଏତେ ପ୍ରସନ୍ନ ହୋଇଗଲେ ଯେ ତାଙ୍କ ଖୁସିର ସୀମା ଆଉ ରହିଲା ନାହିଁ ଓ ସେ ଗର୍ବ ଅନୁଭବ କଲେ । ରାଜାଙ୍କ ସ୍ୱାଗତ ଯୋଜନା ଅନୁଯାୟୀ ମନ୍ତ୍ରୀମାନେ ଚାରୋଟି ଧଳା ଘୋଡ଼ାରେ ସେନାପତିଙ୍କୁ ଆସିନ କରାଇ ନଗରରେ ପ୍ରବେଶ କଲେ । ହଠାତ୍ ସେନାପତି ଦେଖିବାକୁ ପାଇଲେ ଆଉ ଏକ ସଜ୍ଜିତ ରଥରେ ଜଣେ ଦାସ ଆସିନ ହୋଇ ସେନାପତିଙ୍କ ରଥ ସହ ସମାନ୍ତର ଭାବେ ରାଜଧାନୀରେ ପ୍ରବେଶ କରୁଛନ୍ତି । ଏହା ଦେଖି ତାଙ୍କ ମଧ୍ୟରେ ଅହଂଭାବ ଜାଗ୍ରତ ହେଲା । ଏହି ଅହଂଭାବକୁ ଜାଣିପାରି ରାଜା ଏହି ଯୋଜନା କରିଥିଲେ । ଏହି ରଥରୁ ସେନାପତି ଜାଣିବାକୁ ପାଇଲେ ଯେ ଛୋଟରୁ ଛୋଟ ସାଧାରଣ ଦାସ ମଧ୍ୟ ତାଙ୍କ ସହ ସମାନ । ସେମାନେ ଗୌରବପୂର୍ଣ୍ଣ ପଦରେ ମଧ୍ୟ ଅଧିଷ୍ଠିତ ହୋଇପାରିବେ । ସେହି ସମୟରେ ତାଙ୍କର ବିଜୟର ଉଲ୍ଲାସ ମଉଳିଯିବା ସହ ତାଙ୍କର ଅଭିମାନ ମଧ୍ୟ ନଷ୍ଟ ହୋଇଗଲା । ମିଥ୍ୟା ଅଭିମାନ ଉନ୍ନତି ପଥର ବାଧକ ସାଜିଥାଏ ।

# କୀର୍ତ୍ତନ କରିବା ସମୟରେ ଲୋକେ ତାଳିବଜାନ୍ତି କାହିଁକି

ଧାର୍ମିକ ମାନ୍ୟତା ଅନୁସାରେ କୀର୍ତ୍ତନ କରିବା ସମୟରେ ତାଳି ବଜାଇବାର ଏହି ଅର୍ଥ ହେଉଛି ଯେ, ଭକ୍ତ ଭଗବଦ୍ ନାମରେ ଏପରି ଭାବରେ ମଗ୍ନ ହୋଇଯାଏ, ଭଗବାନଙ୍କ ନାମ କୀର୍ତ୍ତନ କରି ବିହ୍ୱଳ ହୋଇସେଥିରେ ବୁଡ଼ିଯିବା, ନାମ ଧରି ଏକ ଧ୍ୟାନରେ ବୁଡ଼ିରହି ଝୁଲି ଝୁଲି ତାଳି ବଜାଇବା । ତାଳି ଧ୍ୱନୀର ତରଙ୍ଗ ପ୍ରଭୁଙ୍କୁ ଆନ୍ଦୋଳିତ କରେ, ଯେପରି ସେ ନିଜର ଭକ୍ତକୁ ରକ୍ଷାକରିବାକୁ ଏବଂ କୃପାରସ ବରଷିବା ପାଇଁ ସ୍ୱୟଂ ସେହି ସ୍ଥାନରେ ପହଞ୍ଚିଯାଆନ୍ତି ।

# ପର୍ଯ୍ୟବେକ୍ଷକ ମହାନଗର

## ଲଘୁ ଖଣିଜ ସମ୍ପଦ ଲୁଟ୍‌ରେ ପ୍ରଶାସନିକ ଅଧିକାରୀଙ୍କ ସମ୍ପୃକ୍ତି ନେଇ ଭାଜପାର ସାମ୍ବାଦିକ ସମ୍ମିଳନୀ




ଧର୍ମଶାଳା (ପିଏନ୍): ଧର୍ମଶାଳା ତହସିଲ ଅଞ୍ଚଳରେ ଲଘୁ ଖଣିଜ ସମ୍ପଦ ଲୁଟ୍ ଚରମ ସୀମାରେ ପହଁଚିଛି। ଦୈନନ୍ଦିନ କୋଟି କୋଟି ଟଙ୍କାର ଲଘୁଖଣିଜ ସମ୍ପଦ ଲୁଟ୍ ଚାଲିଥିବା ବେଳେ ଜିଲ୍ଲା ଓ ତହସିଲ ପ୍ରଶାସନ ନିରବ ସମର୍ଥନ ଦେଇ ଆସିଛି । ନେଡ଼ି ଗୁଡ଼ କହୁଣିକି ବୋହିଲା ସଦୃଶ ଏବେ ଲିଜଧାରୀଙ୍କ ଉପରେ ଜୋରିମାନା କରି ପ୍ରଶାସନ ନିଜକୁ ସ୍ୱଚ୍ଛ ପ୍ରମାଣିତ କରିବାକୁ ଚେଷ୍ଟା କରୁଛି, କିନ୍ତୁ ଏହି ପ୍ରସଙ୍ଗକୁ ନେଇ ଜାଜଙ୍ଗା ପ୍ରୟାଗ ମଣ୍ଡପ ଠାରେ ଧର୍ମଶାଳା ଭାଜପା ପକ୍ଷରୁ ବିଜେପି ନେତା ତଥା ସୂଚନା ଅଧିକାର କର୍ମୀ ସର୍ବେଶ୍ୱର ବେହୁରାଙ୍କ ନେତୃତ୍ୱରେ ଏକ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଥିଲା। ଏହି ସମ୍ମିଳନୀରେ ଅଣଲିଜ୍ ସୈରାଟ ଅପେକ୍ଷା ସରକାରୀ ଭାବେ ଲିଜ ଦିଆଯାଇଥିବା ସୈରାଟଗୁଡ଼ିକରେ ଅଧିକ ଲଘୁଖଣିଜ ସମ୍ପଦ ଚୋରି ହୋଇଥିବା ଅଭିଯୋଗ ହୋଇଛି। ଗତ ମେ' ମାସରେ ଏହି ତହସିଲ ପକ୍ଷରୁ ଲୁଣିବର ମୌଜାରେ ୩ଟି କଳାପଥର ଖାଦାନ ଓ ଡଙ୍କାରୀ ମୌଜାରେ ଗୋଟିଏ ଖାଦାନ ମାପଚୁପ ପରେ ୧୦୫ କୋଟି ୮୯ ହଜାର ଟଙ୍କା ଜୋରିମାନା ହୋଇଥିଲା। ଯାହା ଅଦ୍ୟାବଧି ଅଣଆଦାୟ ହୋଇ ରହିଛି। ୫ ବର୍ଷରେ ଏହି ୪ଟି ଖାଦାନରୁ ୨ଲକ୍ଷ ୮୯ ହଜାର ଘନ ମିଟର କଳାପଥର ଉତ୍ତୋଳନ ନିମନ୍ତେ ମାଇନିଂ ପ୍ଲାନ ସରକାରୀ ଭାବରେ ଅନୁମୋଦନ ହୋଇଥିବା ବେଳେ ୧୫ ଲକ୍ଷ ଘନମିଟରରୁ ଅଧିକ ଉତ୍ତୋଳନ ହୋଇଥିବା ନେଇ ଲିଜଧାରୀଙ୍କ ବିରୋଧରେ ତହସିଲ ଡିମାଣ୍ଡ ନୋଟିସ କରି ଅର୍ଥ ଫେଠ ନିମନ୍ତେ ନିର୍ଦ୍ଦେଶ ଦେଇଛନ୍ତି। ତେବେ ଏହି ୧୫ ଲକ୍ଷ ଘନମିଟର କଳାପଥର ଚୋରି ପାଇଁ କେବଳ କଣ ଲିଜ୍‌ଧାରୀ ଦାୟୀ? କିନ୍ତୁ ଦାୟିତ୍ୱରେ ଥିବା ସରକାରି ଅଧିକାରୀ କର୍ମଚାରୀ କାହିଁକି ଦାୟୀ ହେବେ ନାହିଁ ଏନେଇ ଶ୍ରୀ ବେହୁରା ପ୍ରଶ୍ନ କରିଛନ୍ତି। ସେହିପରି ରସୁଲପୁର ତହସିଲ ଅଧିନ ଚାନ୍ଦପୁର ମୌଜାରେ ବାଲି ସୈରାଟ ଲିଜ୍ ନେଇଥିବା ଲକ୍ଷ୍ମୀଧର ଜେନା କିପରି ଧର୍ମଶାଳା ତହସିଲ କୋଠିକିଆ ଅଞ୍ଚଳରୁ ୩୦ ହଜାର ଘନମିଟର ବାଲି ଉତ୍ତୋଳନ କଲେ ତାହା ତହସିଲଦାର ଓ ରାଜସ୍ୱ ନିରୀକ୍ଷକ କିପରି ଜାଣିପାରୁ ନ ଥିଲେ ତାହା ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରିଛି। ଲଘୁଖଣିଜ ସମ୍ପଦ ସୁରକ୍ଷା ଓ ତଦାରଖ ପାଇଁ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଅକ୍ଷୟ ମଲ୍ଲିକ ଓ ତହସିଲଦାର ସ୍ୱାଗତ ଦାସ ଦୀର୍ଘ ୪ ବର୍ଷ କାଳ ଏହି ତହସିଲ କାର୍ଯ୍ୟାଳୟରେ ଅତିରିକ୍ତ ଜିଲ୍ଲାପାଳ ଓ ତହସିଲଦାର ଦାୟିତ୍ୱରେ ଥିବା ଦେବୀ ପ୍ରସାଦ ମହାନ୍ତିଙ୍କର ଏହି ଲୁଟ୍ ପଛରେ ସିଧାସଳଖ ସମ୍ପୃକ୍ତି ଥିବା ଅଭିଯୋଗ ହୋଇଛି। ଏତେ ଦକ୍ଷ ତହସିଲଦାର ଓ ରାଜସ୍ୱ ନିରୀକ୍ଷକ ଦାୟିତ୍ୱରେ ଥିବା ଓ ଲଘୁଖଣିଜ ସମ୍ପଦ ସୁରକ୍ଷା ପାଇଁ ଜିଲ୍ଲା ପ୍ରଶାସନ ସ୍ୱତନ୍ତ୍ର ସ୍କ୍ୱାର୍ଡ ଗଠନ ହୋଇଥିଲେ ମଧ୍ୟ କିପରି ଏହି ଲଘୁଖଣିଜ ସମ୍ପଦ ସୁରକ୍ଷା ପାଇଁ ଆଖି ବୁଜି ଦେଇଥିଲେ ତାହାକୁ ନେଇ ପ୍ରଶ୍ନ ଉଠାଇଛନ୍ତି। ତେବେ ଆସନ୍ତା ତିନିଦିନ ମଧ୍ୟରେ ଯଦି ଜିଲ୍ଲା ପ୍ରଶାସନ ଏହାଉପରେ କୌଣସି ପଦକ୍ଷେପ ନନିଅନ୍ତି, ତେବେ ଆଇନର ଆଶ୍ରୟ ନେବା ପାଇଁ ଶ୍ରୀ ବେହୁରା ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି। ଏହି ସମ୍ମିଳନୀରେ ବିଜେପି ନେତା ଚନ୍ଦ୍ରମଣୀ ପଣ୍ଡିତ, ସ୍ମିତିରଂଜନ ବାରିକ, ଅକ୍ଷୟ ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ।

## ବିର୍ସାମୁଣ୍ଡାଙ୍କ ସଂଘର୍ଷପୂର୍ଣ୍ଣ କାହାଣୀ ଆମ ସମସ୍ତଙ୍କ ପାଇଁ ଚିରପ୍ରେରଣାଦାୟୀ



ରାଉରକେଲା (ପିଏନ୍): ମହାନ ସ୍ୱାଧୀନତା ସଂଗ୍ରାମୀ ଧରତୀ ଆବ୍‌ବା ବୀର ବିର୍ସାମୁଣ୍ଡାଙ୍କ ସଂଘର୍ଷପୂର୍ଣ୍ଣ ଜୀବନ କାହାଣୀ ଆମ ସମସ୍ତଙ୍କ ପାଇଁ ଚିରପ୍ରେରଣାଦାୟୀ ବୋଲି ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ କୁହାଯାଇଛି । ବିର୍ସାମୁଣ୍ଡାଙ୍କ ୧୪୭ତମ ଜୟନ୍ତୀ ଅବସରରେ ଜିଲ୍ଲା କଂଗ୍ରେସ ତରଫରୁ ଅନୁଷ୍ଠିତ ସ୍ମୃତିସଭାରେ କଂଗ୍ରେସ ନେତୃବୃନ୍ଦ ବକ୍ତବ୍ୟ ରଖି ବିର୍ସାମୁଣ୍ଡା କିପରି ଯୁବ ବୟସରେ ବ୍ରିଟିଶ ଶକ୍ତି ବିରୋଧରେ ଏକ ଦୁର୍ଦ୍ଧର୍ଷ ଆନ୍ଦୋଳନ ଗଢି ତୋଳିଥିଲେ ସେ ସମ୍ପର୍କରେ ଆଲୋକପାତ କରିଥିଲେ । ଗରିବ ଆଦିବାସୀ ଓ ଦଳିତ ଅବହେଳିତଙ୍କ ଉପରେ ବ୍ରିଟିଶର ଜୁଲମ ବିର୍ସାମୁଣ୍ଡାଙ୍କୁ ବ୍ୟଥିତ କରିଥିଲା ବୋଲି ନେତୃବୃନ୍ଦ ପ୍ରକାଶ କରି ବ୍ରିଟିଶ କବଳରୁ ମୁକ୍ତି ପାଇଁ ନିଜ ଜୀବନକୁ ବାଜି ଲଗାଇ ବ୍ରିଟିଶ ଶକ୍ତି ବିରୋଧରେ ଜୀବନ ଉତ୍ସର୍ଗ କରିଥିଲେ । ବର୍ତ୍ତମାନ ସମୟରେ ଗରିବ ଆଦିବାସୀଙ୍କ ସମେତ ଦଳିତ ଅବହେଳିତଙ୍କ ଉପରେ ବିଭିନ୍ନ ସ୍ତରରେ ଜୁଲମ ହେଉଥିବାରୁ ଆଜି ମଧ୍ୟ ବିର୍ସାମୁଣ୍ଡାଙ୍କ ଆଦର୍ଶ ଓ ନୀତିର ପ୍ରାସଙ୍ଗିକତା ରହିଛି ବୋଲି ନେତୃବୃନ୍ଦ ପ୍ରକାଶ କରି ତାଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ ଗରିବ ଓ ଅବହେଳିତ ବର୍ଗଙ୍କ ସ୍ୱାର୍ଥ ପାଇଁ କାମ କଲେ ତାହା ତାଙ୍କ ପାଇଁ ଶ୍ରେଷ୍ଠ ଶ୍ରଦ୍ଧାଂଜଳି ହେବ ବୋଲି କହିଥିଲେ । ଜିଲ୍ଲା କଂଗ୍ରେସ ସଭାପତି ଦେବବ୍ରତ ବିହାରୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି ଓ ପ୍ରଶାନ୍ତ ସେଠୀ, ପିସିସି ସଭ୍ୟ ସବୀର ହୁସେନ, ପ୍ରଭାତୀ ମିଶ୍ର, ତୁଳସୀ ନାଗ, ଓବିସି ରାଷ୍ଟ୍ରୀୟ ସଂଯୋଜକ କୈଳାସ ସାହୁ, ଇନଟକ୍ ଅଧ୍ୟକ୍ଷ ନିହାର ଦାସ ପ୍ରମୁଖଙ୍କ ସମେତ ସମ୍ପାଦିକା ପ୍ରତିମା ପାଣିଗ୍ରାହୀ, ଅମ୍ରିତ କୌର, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ରୁକସାନା ବେଗମ, ଓବିସି ଅଧ୍ୟକ୍ଷ ବୈଲୋଚନ ସାହୁ, ସାମାଜିକ ଗଣମାଧ୍ୟମର ସୁଧୀର ନାଥ, ବରିଷ୍ଠ ନେତା ସୁନୀଲ ପଟ୍ଟନାୟକ, ରେହେମାନ ଖାନ, ଯୁବନେତା ସାକିର ହୁସେନ ଓ ରାଜା ନାୟକ ପ୍ରମୁଖ ଉପସ୍ଥିତ ରହି ବିର୍ସାମୁଣ୍ଡାଙ୍କ ସ୍ମୃତିଚାରଣ କରିଥିଲେ । ସକାଳ ସାଢେ ୯ଟା ବେଳେ ଦଳୀୟ ନେତୃବୃନ୍ଦ ଓ କର୍ମକର୍ତ୍ତାମାନେ ସ୍ଥାନୀୟ ବିର୍ସା ଛକଠାରେ ସମବେତ ହୋଇ ତାଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବା ପରେ ସକାଳ ସାଢେ ୧୦ଟା ବେଳେ ଜିଲ୍ଲା କଂଗ୍ରେସ କାର୍ଯ୍ୟାଳୟଠାରେ ଏହି ସ୍ମୃତିସଭା ଅନୁଷ୍ଠିତ ହୋଇଥିଲା । ଉପରୋକ୍ତ ନେତୃବୃନ୍ଦଙ୍କ ସମେତ ବହୁ ଦଳୀୟ କର୍ମକର୍ତ୍ତାମାନେ ଉଭୟ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ ବୋଲି ଜିଲ୍ଲା କଂଗ୍ରେସ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି।

## ଟିପିସିଓଡିଏଲ ପକ୍ଷରୁ ଅସାଧୁ ବିଦ୍ୟୁତ ବ୍ୟବହାରକାରୀଙ୍କ ଉପରେ ଚଢାଉ

କେନ୍ଦ୍ରାପଡ଼ା (ପିଏନ୍): ଟିପିସିଓଡିଏଲ କେନ୍ଦ୍ରାପଡା ଡିଭିଜନ ପକ୍ଷରୁ ସହକାରୀ ସାଧାରଣ ପରିଚାଳକ ପ୍ରଦିପ୍ତ ଦାଶଙ୍କ ତତ୍ୱାବଧାନରେ ଟିପିସିଓଡିଏଲ ପ୍ରବର୍ତ୍ତନ ବିଭାଗ ସହାୟତାରେ ଡିଭିଜନର ବିଭିନ୍ନ ଅଞ୍ଚଳରେ ଅସାଧୁ ବିଦ୍ୟୁତ ବ୍ୟବହାରକାରୀଙ୍କ ଉପରେ ଚଢାଉ କରାଯାଇଛି। ଏହି ଚଢାଉରେ ୫୧୦ଟି ଗୃହ ଓ ଅନୁଷ୍ଠାନକୁ ତଦାରଖ କରାଯାଇଥିବା ବେଳେ ସେଥିମଧ୍ୟରୁ ୮୦ଟି ବିଦ୍ୟୁତ ଚୋରୀ ଧରାଯାଇ ଅନ୍ୟୂନ୍ୟ ୧୮୯ କିଲୋୱାଟ ଲୋଡ ବିଦ୍ୟୁତ ଧାରା ୧୩୫- ୨୦୦୩ରେ ପଞ୍ଜିକରଣ କରାଯାଇଛି। ୨୦ଟି ବେଆଇନ ବିଦ୍ୟୁତ ସଂଯୋଗ ତତ୍‌କ୍ଷଣାତ ବିଚ୍ଛିନ୍ନ କରାଯାଇଛି। ଏହି ଅଭିଯାନରେ ଧାରା ୧୨୬- ୨୦୦୩ରେ ୨୩ଜଣ ବିଦ୍ୟୁତ ଗ୍ରାହକଙ୍କୁ ପଞ୍ଜିକରଣ କରାଯାଇଥିଲା। ଏତଦବ୍ୟତିତ ସହରର ଅଯୋଧ୍ୟାନଗର ଗ୍ରାମରେ ୭ଜଣଙ୍କୁ ନୂତନ ବିଦ୍ୟୁତ ସଂଯୋଗ ପ୍ରଦାନ କରାଯାଇଛି। ସାଧୁତାର ସହ ବିଦ୍ୟୁତ ବ୍ୟବହାର କରିବାକୁ ଏହି ଅଭିଯାନ ମାଧ୍ୟମରେ ସମସ୍ତ ଗ୍ରାହକଙ୍କୁ ନିବେଦନ କରାଯାଇଛି। ଆଖପାଖର ବିଦ୍ୟୁତ ଚୋରୀ ସମ୍ପର୍କରେ ବିଭାଗର ମୋବାଇଲ ନମ୍ବର-୯୪୩୭୧୫୮୬୭୦ରେ ସୂଚନା ପ୍ରଦାନ କରିବାକୁ ବିଭାଗ ପକ୍ଷରୁ ନିବେଦନ କରାଯାଇଛି। ଏହି ଚଢାଉ କେନ୍ଦ୍ରାପଡା ଟିପିସିଓଡିଏଲ ସବଡିଭିଜନ ଓ ସମସ୍ତ ସେକ୍ସନର ଅଧିକାରୀମାନଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ ହୋଇଥିଲା।

## ମା' ମନସା ଦେବୀ ଶକ୍ତିପୀଠ



ଶିଓ୍ୱାଲିକ୍ ପର୍ବତମାଳାରୁ ନେଇ କୁରୁକ୍ଷେତ୍ର ପର୍ଯ୍ୟନ୍ତ ୪୮କୋଷର ସିନ୍ଧୁବନରେ ଋଷି-ମୁନୀ ମାନେ ପୁରାଣ ରଚନା କରିଥିଲେ। ଏହି ସମସ୍ତ ଭୂଭାଗ ଦେବଧରା ନାମରେ ଜଣାଶୁଣା।

ଏହି ପରମ୍ପରାରେ ହରିଆନାର ପଞ୍ଚକୁଲାରେ ଶିଓ୍ୱାଲିକ୍ ପର୍ବତମାଳାର କୋଳରେ ସିନ୍ଧୁବନର ଶେଷ ସୀମାରେ ପ୍ରାକୃତିକ ସୌନ୍ଦର୍ଯ୍ୟରେ ଆଚ୍ଛାଦିତ ଏକଦମ ମନୋରମ ଏବଂ ଶାନ୍ତ ପରିବେଶରେ ମାତା ମନସା ଦେବୀଙ୍କ ମନ୍ଦିର ଅବସ୍ଥିତ। ଯଦି କୌଣସି ଭକ୍ତ ସଚ୍ଚା ମନରେ ଚାଳିଶ ଦିନ ପର୍ଯ୍ୟନ୍ତ ଲଗାତାର ମାତା ମନସା ଦେବୀଙ୍କର ମନ୍ଦିରରେ ପହଞ୍ଚି ପୂଜାର୍ଚ୍ଚନା କରନ୍ତି, ତେବେ ମାତା ମନସା ଦେବୀ ତାଙ୍କର ମନୋସ୍କାମନା ଅବଶ୍ୟ ପୂରଣ କରିଥାନ୍ତି। ମାତା ମନସା ଦେବୀଙ୍କର ଚୈତ୍ର ଏବଂ ଆଶ୍ୱିନ ମାସର ନବରାତ୍ର ପର୍ବରେ ବଡ଼ ଧରଣର ମେଳା ବସିଥାଏ। ଏହି ପର୍ବ ମାତାଙ୍କର ପ୍ରମୁଖ ପର୍ବ ଭାବେ ପାଳନ କରାଯାଏ।

ମାତା ମନସା ଦେବୀଙ୍କ ମନ୍ଦିରକୁ ନେଇ କେତେକ ଧାରଣା ଓ ମାନ୍ୟତା ପ୍ରଚଳିତ ରହିଛି। ଶ୍ରୀ ମାତା ମନସା ଦେବୀଙ୍କ ଇତିହାସ ଅନ୍ୟ ସିଦ୍ଧ ଶକ୍ତିପୀଠ ଭଳି ଅତି ପ୍ରାଚୀନ। ଶ୍ରୀ ମାତା ମନସା ଦେବୀଙ୍କ ଆବିର୍ଭାବ ହେବାର ଉଲ୍ଲେଖ ଶିବ ପୁରାଣରେ ରହିଛି।

ହିନ୍ଦୁ ପୁରାଣ ଶାସ୍ତ୍ର ଅନୁଯାୟୀ ଦକ୍ଷରାଜ ଯଜ୍ଞ କଲାବେଳେ ନିଜ ଝିଅ ବା ଭଗବାନ ଶିବଙ୍କ ପତ୍ନୀ ଦେବୀ ସତୀ ଓ ଶିବଙ୍କୁ ଯଜ୍ଞରେ ଉପସ୍ଥିତ ହେବାକୁ ନିମନ୍ତ୍ରଣ କରି ନଥିବାରୁ ଅତି ଦୁଃଖରେ ମା'ସତୀ ଯଜ୍ଞକୁଣ୍ଡରେ ଆତ୍ମଦାହ କଲେ। ତ୍ରିକାଳଦର୍ଶୀ ଶିବ ଏ ଖବର ଜାଣିପାରିଲେ। ଭଗବାନ ଶିବ ସଙ୍ଗେ ସଙ୍ଗେ ଘଟଣାସ୍ଥଳରେ ପହଞ୍ଚି ଯାହା ଦେଖିଲେ, ସେ ନିଜେ ବି ବିଶ୍ୱାସ କରିପାରିଲେ ନାହିଁ। ରାଗରେ ଜର୍ଜରିତ ହୋଇ



ଭଗବାନ ଶିବ ସତୀଙ୍କ ମରଶରୀର ନିଜ ହାତରେ ଧରି ତାଣ୍ଡବ ନୃତ୍ୟ କରିବାକୁ ଲାଗିଲେ। ସବୁଆଡ଼େ ଚାଲିଲା ଧ୍ୱଂସଲୀଳା। ଏହାର ସମାଧାନ ପାଇଁ ଦେବଦେବୀମାନେ ଭଗବାନ ବ୍ରହ୍ମା ଓ ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଭଗବାନ ଶିବ ଧରିଥିବା ସତୀଙ୍କ ମରଶରୀରକୁ ଖଣ୍ଡ ବିଖଣ୍ଡିତ କରି ଆତ୍ମାରହିତ କରିବାକୁ ବିଷ୍ଣୁ ନିଜର ସୁଦର୍ଶନ ଚକ୍ରକୁ ଆଦେଶ ଦେଲେ। ସୁଦର୍ଶନ ଚକ୍ର ଦ୍ୱାରା ମା' ସତୀଙ୍କ ଶରୀର ଖଣ୍ଡ ବିଖଣ୍ଡିତ ହୋଇଗଲା ଓ ମା'ଙ୍କ ଶରୀରର ବିଭିନ୍ନ ଅଂଶ ଭାରତୀୟ ଉପମହାଦେଶର ଅନେକ ସ୍ଥାନରେ ବିଞ୍ଚି ହୋଇ ପଡ଼ିଲା। ସର୍ବଶେଷରେ ସତୀଙ୍କ ଅଙ୍ଗର ମୁଖ୍ୟାଂଶ ସହ ସମସ୍ତ ଖଣ୍ଡକୁ ଖୋଜି ପୂଜାର୍ଚ୍ଚନା ତଥା ଖଣ୍ଡଗୁଡ଼ିକୁ ସୁରକ୍ଷା ଦେବାକୁ ଭଗବାନ ଭୈରବଙ୍କୁ ନିର୍ଦ୍ଦେଶ ଦେଲେ ବ୍ରହ୍ମା। ସେହି ଦୁର୍ଲଭ ସ୍ଥାନଗୁଡ଼ିକୁ ବ୍ରହ୍ମା, ବିଷ୍ଣୁ ଓ ଶିବ ମିଶି ଶକ୍ତିପୀଠର ମାନ୍ୟତା ଦେଲେ। ସେଗୁଡ଼ିକ ମଧ୍ୟରେ ୪ଟି ଆଦିଶକ୍ତି ପୀଠ, ୧୮ଟି ମହାଶକ୍ତି ପୀଠ ଓ ୫୧ଟି ଶକ୍ତିପୀଠ ରହିଛି। ଆଦିଶକ୍ତି ପୀଠ ହେଲେ- (୧) ପୁରୀ



ଶ୍ରୀମନ୍ଦିରରେ ପୂଜିତା ମା'ବିମଳା (ପାଦଖଣ୍ଡ), (୨) ଗଞ୍ଜାମ ଜିଲ୍ଲା ବ୍ରହ୍ମପୁର ସହର ନିକଟସ୍ଥ ଋଷିକୂଲ୍ୟା ନଦୀ ଉପକଣ୍ଠରେ କୁମାରୀ ପାହାଡ଼ ଉପରେ ବିରାଜିତ ମା' ତାରାତାରିଣୀ(ସ୍ତନଖଣ୍ଡ), (୩) ଆସାମର ଗୌହାଟୀସ୍ଥିତ କାମାକ୍ଷା ଦେବୀ (ଜୋନିଖଣ୍ଡ) ଓ (୪) କୋଲକତାର ଦକ୍ଷିଣ କାଳୀ (ମୁଖଖଣ୍ଡ)। ଓଡ଼ିଶାରେ ମଧ୍ୟ ଗୋଟିଏ ମହାଶକ୍ତିପୀଠ ମା' "ବିରଜା" ରହିଛନ୍ତି।

ତେବେ ଭାରତୀୟ ଉପମହାଦେଶରେ ଥିବା ଶକ୍ତିପୀଠମାନଙ୍କ ମଧ୍ୟରେ ହିମାଚଳ ପ୍ରଦେଶର କାଙ୍ଗଡ଼ାରେ ମାତା ସତୀଙ୍କ ମସ୍ତକ ଖଣ୍ଡ ପଡ଼ିଥିଲା। ଏଥିଯୋଗୁ ଏହି ସ୍ଥାନରେ ମାତା ମନସା ଦେବୀଙ୍କର ଭବ୍ୟ ମନ୍ଦିର ନିର୍ମାଣ ହୋଇଥିଲା। ସେହିପରି ଏଠାରେ ମାତାଙ୍କ ମସ୍ତକ ପଡ଼ିବାରୁ ବ୍ରଜେଶ୍ୱରୀ ଦେବୀ ଶକ୍ତିପୀଠ, ଜ୍ୱାଳାମୁଖୀରେ ଜିହ୍ୱା ଖଣ୍ଡ ପଡ଼ିବାରୁ ଜ୍ୱାଳାଜୀ, ମନର ଭାଗ ପଡ଼ିବାରୁ ଛିନ୍ନ ମସ୍ତିକା, ନୟନରୁ ନୟନ ଦେବୀ ହୋଇଛନ୍ତି। ସେହିପରି ତ୍ରିପୁରାରେ ଜଙ୍ଘ ଖଣ୍ଡ ପଡ଼ିବାରୁ ମାତା ଜୟନ୍ତୀ ଦେବୀ, କୋଲକତାରେ ଡ଼ାହାଣ ପାଦ ଅଙ୍ଗୁଳି ପଡ଼ିବାରୁ କାଳୀ ମନ୍ଦିର, ସାହାରାନପୁର ନିକଟ



ଶିଓ୍ୱାଲିକ୍ ପର୍ବତ ଉପରେ ମସ୍ତକ ଖଣ୍ଡ ପଡ଼ିବାରୁ ଶକୁମ୍ଭରୀ, କୁରୁକ୍ଷେତ୍ରରେ ଗଳାର ଆଭୂଷଣ ପଡ଼ିବାରୁ ଭଦ୍ରକାଳୀ ଶକ୍ତିପୀଠ ତଥା ଶିଓ୍ୱାଲିକ୍ ଗିରିମାଳାରେ ଦେବୀଙ୍କ ମସ୍ତିସ୍କର ଅଗ୍ରଭାଗ ପଡ଼ିବାରୁ ମନସା ଦେବୀ ଶକ୍ତିପୀଠ ସୃଷ୍ଟି ହେଲା।

ଏହି ଶକ୍ତିପୀଠରେ ମହାଭାରତର ପାଣ୍ଡବ ଭାଇମାନେ ବନବାସ ସମୟରେ ମାତା ମନସା ଦେବୀ ମନ୍ଦିରରେ ଦେବୀଙ୍କୁ ଆରାଧନା କରିଥିଲେ। ପାଣ୍ଡବମାନେ ବନବାସ ସମୟରେ ଭଗବାନ ଶ୍ରୀକୃଷ୍ଣ ମଧ୍ୟ ଏହି ଅଞ୍ଚଳକୁ ଆସିଥିବା ପ୍ରମାଣ ରହିଛି। ତେବେ ପିଞ୍ଜୌର, ସକେତଡ଼ୀ ଓ କାଲକା ଅଞ୍ଚଳରେ ପୁରାତତ୍ତ୍ୱବିତ୍‌ମାନଙ୍କ ଅନୁସନ୍ଧାନରୁ ଏଠାରେ ଯେଉଁ ପ୍ରାଚୀନ ପଦାର୍ଥ ମିଳିଛି, ତାହା ପାଷାଣ ଯୁଗର ବୋଲି କୁହାଯାଉଛି। ଏଥିରୁ ସ୍ପଷ୍ଟ ହେଉଛି ଯେ, ଆଦିମ କାଳରେ ମଧ୍ୟ ଏହି କ୍ଷେତ୍ରରେ ମଣିଷର ଅବସ୍ଥାନ ଥିଲା ଓ ସେ ଦେବୀ ଦେବତାଙ୍କୁ ପୂଜା କରୁଥିଲେ। ଏଣୁ ଏହି ସ୍ଥାନରେ ମାତା ମନସା ଦେବୀଙ୍କ ମନ୍ଦିର ବିଦ୍ୟମାନ ଥିବା ଜଣାପଡୁଛି।

ବର୍ଷର ବିଭିନ୍ନ ସମୟରେ ମାତା ମନସା ଦେବୀଙ୍କ ମନ୍ଦିରରେ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଗହଳି ଲାଗି ରହିଥାଏ। ମାତା ମନସା ଦେବୀଙ୍କ ମନ୍ଦିରର ଅପରୂପ ଶୋଭା ଦେଖିବା ଭଳି ହୋଇଥାଏ। ଏଥିପାଇଁ ଲକ୍ଷ ଲକ୍ଷ ଭକ୍ତ ଓ ଶ୍ରଦ୍ଧାଳୁ ମୁଖ୍ୟତଃ ମାତା ମନସା ଦେବୀଙ୍କୁ ପୂଜା କରିବାକୁ ଏଠାକୁ ଆସିଥାନ୍ତି। ଏଠାକାର ପୂଜାବିଧିର ପ୍ରତ୍ୟେକ କାର୍ଯ୍ୟକ୍ରମ ଖୁବ୍ ଆନନ୍ଦଦାୟକ ଓ ମନୋରମ।

## କିଶୋର ଚନ୍ଦ୍ର ତ୍ରିପାଠୀଙ୍କ ବିୟୋଗରେ ଡଃ ଜ୍ଞାନେନ୍ଦ୍ରଙ୍କ ଶୋକ

ଭୁବନେଶ୍ୱର(ପିଏନ୍):ଲୋକସେବକ ମଣ୍ଡଳର ପୂର୍ବତନ କାର୍ଯ୍ୟକାରୀ ସଭାପତି, ବରିଷ୍ଠ ଆଜୀବନ ସଦସ୍ୟ, ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର ପୂର୍ବତନ ଉପସଭାପତି ତଥା ଦୈନିକ ସମାଜର ପୂର୍ବତନ ମୁଦ୍ରାକାର ଓ ପ୍ରକାଶକ, ଅଧ୍ୟାପକ କିଶୋର ଚନ୍ଦ୍ର ତ୍ରିପାଠୀଙ୍କ ବିୟୋଗରେ ଗଭୀର ଶୋକ ପ୍ରକାଶ କରି ଓଡ଼ିଶା ପ୍ରଦେଶ କଂଗ୍ରେସ ସେବାଦଳର ରାଜ୍ୟ ଅଧ୍ୟକ୍ଷ ଡଃ ଆର୍ଯ୍ୟକୁମାର ଜ୍ଞାନେନ୍ଦ୍ର ଏକ ଶୋକବାର୍ତ୍ତାରେ କହିଛନ୍ତି ଯେ, ଲୋକସେବକ ମଣ୍ଡଳରେ ମାନନୀୟ ମନୁଭାଇଙ୍କ ନେତୃତ୍ୱରେ କାର୍ଯ୍ୟକରିବା ସମୟରେ, ଅଧ୍ୟାପକ ତ୍ରିପାଠୀଙ୍କ ମାର୍ଗଦର୍ଶନରେ କାର୍ଯ୍ୟ କରିବାର ସୁଯୋଗ ମୋତେ ମିଳିଥିଲା। ଜଣେ କଠୋର ସତ୍ୟବାଦୀ ମଣିଷ ଭାବରେ ଲୋକସେବକ ମଣ୍ଡଳରେ ତାଙ୍କର ଯଥେଷ୍ଟ ପ୍ରତିଷ୍ଠା ଥିଲା। ଜଣେ ସୁ-ମାର୍ଗଦର୍ଶକ ଭାବେ ତାଙ୍କର ମାର୍ଗଦର୍ଶନ, ମୋ ଜୀବନ ଯାତ୍ରାରେ ବହୁତ ସାହାଯ୍ୟ କରୁଛି। ତାଙ୍କ ବାକ୍ୟରେ କଠୋରତା ଥିଲେ ମଧ, ହୃଦୟ ଅନ୍ତତଃ ନଡ଼ିଆର ରସ ଭଳି କୋମଳ ଥିଲା। ପରଲୋକଗତ ଆତ୍ମାର ଶାନ୍ତି କାମନା କରିବା ସହ ଶୋକସନ୍ତପ୍ତ ପରିବାରବର୍ଗଙ୍କୁ ଏ ଦାରୁଣ ଦୁଃଖ ସହ୍ୟ କରିବାକୁ ପରମାତ୍ମା ପରମେଶ୍ୱର ଅଶେଷ ଧୈର୍ଯ୍ୟ ପ୍ରଦାନ କରନ୍ତୁ ବୋଲି ସେ କହିଛନ୍ତି।

## କଂଗ୍ରେସ ଓଡ଼ିଶାରେ ଶାସନକୁ ଫେରିଲେ କେନ୍ଦୁଝରରେ ଲୌହଶିଳ୍ପ ପ୍ରତିଷ୍ଠା ନିଶ୍ଚିତ



ଭୁବନେଶ୍ୱର (ପିଏନ୍)-କେନ୍ଦୁଝର ସହର ସ୍ଥିତ ଦୈଳିକ ବୈଶ୍ୟ ସମାଜ ଠାରୁ ଭାରତଯୋଡ଼ ଯାତ୍ରା- ଓଡ଼ିଶାର ୧୩ତମ ଦିନର ଯାତ୍ରା ପ୍ରଦେଶ କଂଗ୍ରେସ ସଭାପତି ଶ୍ରୀ ଶରତ ପଟ୍ଟନାୟକଙ୍କ ନେତୃତ୍ୱରେ ଆରମ୍ଭ ହୋଇଥିଲା। ଜିଲ୍ଲା କଂଗ୍ରେସ ସଭାପତି ଶ୍ରୀ ବିପ୍ଳବ ମିଶ୍ର ଏହି ଯାତ୍ରାର କାର୍ଯ୍ୟକ୍ରମ ସବୁ ଆୟୋଜିତ କରିଥିଲେ। ଯାତ୍ରୀମାନେ କେନ୍ଦୁଝର ସହର ପରିକ୍ରମା କରି ମଧ୍ୟାହ୍ନରେ କଂଗ୍ରେସ ଭବନ ଠାରେ ପଂହଚିଥିଲେ। ହଜାର ହଜାର ଜନସାଧାରଣ, ଆଇନଜୀବି, ଛାତ୍ରଛାତ୍ରୀ, ବ୍ୟବସାୟୀ ଓ ବିଭିନ୍ନ ବର୍ଗର ଲୋକ ଶ୍ରୀ ପଟ୍ଟନାୟକ ଏବଂ ଅନ୍ୟଯାତ୍ରୀଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଦେଇଥିଲେ। ଆଦିବାସୀମାନେ ଏହି ଯାତ୍ରାରେ ପାରମ୍ପରିକ ନୃତ୍ୟ କରିଯାଉଥିଲେ। ମଧ୍ୟାହ୍ନରେ ଏହି ଯାତ୍ରାର ପ୍ରଥମ ଭାଗ ଶେଷ ହୋଇଥିଲା। ଯାତ୍ରା ପୂର୍ବରୁ ଦୈଳିକ ସମାଜଠାରେ ପ୍ରଦେଶ କଂଗ୍ରେସ ସଭାପତି ଏକ ସାମ୍ବାଦିକ ସମ୍ମିଳନୀରେ ଗଣମାଧ୍ୟମକୁ ସମ୍ବୋଧିତ କରି କହିଲେ ଯେ କେନ୍ଦୁଝର ଜିଲ୍ଲା ଓଡ଼ିଶା ରାଜକୋଷକୁ ସବୁଠାରୁ ଅଧିକ ଅର୍ଥ ପ୍ରଦାନ କରୁଛି। କେବଳ ଖଣି ଏବଂ ଖଣିଜଜାତ ଦ୍ରବ୍ୟରୁ ସିଧାସଳଖ ଭାବରେ ବାର୍ଷିକ ୪୫ ହଜାର କୋଟି ଟଙ୍କାରୁ ଅଧିକ ଆୟ କରୁଛନ୍ତି। ତତ୍‌ସହିତ ଜିଲ୍ଲା ଖଣିଜ ବିକାଶ ଫଣ୍ଡରେ ପାଖାପାଖି ୧୮ ହଜାର କୋଟି ଟଙ୍କା ଗଚ୍ଛିତ ଅଛି। କିନ୍ତୁ ଏହି ଆୟରୁ ୧୦ ପ୍ରତିଶତ ମଧ ଏ ଜିଲ୍ଲାର ଜନସାଧାରଣଙ୍କ ବିକାଶ ପାଇଁ ଖର୍ଚ୍ଚ କରାଯାଉ ନାହିଁ। ଏ ଅଂଚଳର ଯୁବକ ରାଜ୍ୟ ବାହାରେ ପଲ୍ଲାକାମ କରୁଛନ୍ତି ବା ଦିନମଜୁରିଆ ଭାବେ କାମ କରୁଛନ୍ତି। ଏ ଅଂଚଳର ଶିକ୍ଷିତ ଯୁବକ ଯୁବତୀମାନେ ବର୍ଷବର୍ଷ ଧରି ରୋଜଗାର ଅପେକ୍ଷାରେ। ୨୨ ବର୍ଷ ଭିତରେ ନବୀନ ସରକାର ଏ ରାଜ୍ୟର ଏକ ଶିଳ୍ପ ପ୍ରତିଷ୍ଠା କରିନାହାନ୍ତି। ଯଦିବା ଏ ଅଂଚଳରୁ ଲୁହାପଥର ଭାରତବର୍ଷର ଏବଂ ଭାରତ ବାହାରେ ବିଭିନ୍ନ ପ୍ରାନ୍ତକୁ ଯାଉଛି। ଏ ହେଉଛି ନବୀନବାବୁଙ୍କର ଏ ରାଜ୍ୟ ଏବଂ ଜିଲ୍ଲା ପ୍ରତି ନିଷ୍ଠା। କେନ୍ଦୁଝର ଜିଲ୍ଲା ଏକ ଆଦିବାସୀବହୁଳ ଜିଲ୍ଲା। ଏ ଅଂଚଳର ୬୭% ମହିଳା ରକ୍ତହୀନତାରେ ଶିକାର, ଶିଶୁ ମୃତ୍ୟୁହାର ସବୁଠାରୁ ଅଧିକ। ମାତୃ ମୃତ୍ୟୁହାର ମଧ ବହୁ ଉଚ୍ଚସ୍ତରରେ। ଏ ଅଂଚଳର ସମ୍ପଦକୁ ନିର୍ଦ୍ଦିଷ୍ଟ କିଛି ଗୋଷ୍ଠି ସଂପୂର୍ଣ୍ଣ ଉପଭୋଗ କରନ୍ତି। ଜିଲ୍ଲାର ପ୍ରଶାସନିକ ଅଧିକାରୀ ତଥା ଲୋକସେବା ଭବନରେ ବସିଥିବା ଅଧିକାରୀମାନେ ଜନସାଧାରଣଙ୍କ ପ୍ରତି ଦାୟିତ୍ୱ ଓ କର୍ତବ୍ୟକୁ ସଂପୂର୍ଣ୍ଣ ଭୁଲିଯାଇ କେବଳ ଭାରତୀୟ ଜନତାପାର୍ଟିର ଦଳୀୟ କର୍ମଚାରୀ ଭାବରେ କାର୍ଯ୍ୟକରୁଛନ୍ତି। ଏଥିରୁ ଶୀଘ୍ର ନିବୃତ ରୁହନ୍ତୁ। କଂଗ୍ରେସ ଯଦି ରାଜ୍ୟରେ ସରକାର କରିବ କେନ୍ଦୁଝର ଜିଲ୍ଲାରେ ନିଶ୍ଚିତ ଦୁଇଟି ଲୌହଭିତିକ ବଡ଼ଶିଳ୍ପ କାରଖାନା ପ୍ରତିଷ୍ଠା କରାଯିବ। ଏହି କାର୍ଯ୍ୟକ୍ରମରେ ପୂର୍ବତନ ପ୍ରଦେଶ କଂଗ୍ରେସ କମିଟି ସଭାପତି ନିରଂଜନ ପଟ୍ଟନାୟକ, ଜୟଦେବ ଜେନା, ଗଣେଶ୍ୱର ବେହେରା, ଭୂଜବଳ ମାଝୀ, ନବଜ୍ୟୋତି ପଟ୍ଟନାୟକ, ମାନସ ଚୌଧୁରୀ, ମନୋଜ ଜେନା, ବନ୍ଦିତା ପରିଡ଼ା, ୟାସିର ନଓ୍ୱାଜ, ସନତ ଦାସ, ବିଶ୍ୱଜିତ ଦାଶ, ଆଲୋକ ମିଶ୍ର, ବାଙ୍କନିଧି ବେହେରା, ମନୋରଂଜନ ରାଉତ, ମୋହନ ପରିଡ଼ା, ସଂଗିତା ସିଂ, ସଂଗ୍ରାମ ଦାସ, ଫେଲୁ ମିଶ୍ର, ମନୋଜ ସାହୁ, ମନୋଜ ବିଶ୍ୱାଳ, ଦୀପକ ମହାପାତ୍ର, ପ୍ରଭାତ ପ୍ରତାପ ସିଂ, ସଂଜୟ ତ୍ରିପାଠୀ, କୈଳାସ ସାହୁ, ଜ୍ଞାନରଂଜନ ପଟ୍ଟନାୟକ, ବସନ୍ତ ଦାସ, ହାଡ଼ି ଖୁଂଟିଆ, ଦୀପ୍ତିରାଣୀ ପ୍ରଧାନ, ସୁଶାନ୍ତ ତ୍ରିପାଠୀ, ହଳଧର ସେଠୀ, ରଂଜିତ ପାତ୍ର, ସ୍ୱାଗତ କର, ଶୁଭମ ରାଜ, ସୁନେଶ ଧିର, ପ୍ରୀତମ ସାହୁ ପ୍ରମୁଖ ଅଂଶଗ୍ରହଣ କରିଥିଲେ। ତେଲକୋଇର ଜଗମୋହନପୁରଠାରେ ମୋହନ ହେମ୍ବ୍ରମ ଏବଂ ପ୍ରଦୀପ ଧୀର ପ୍ରମୁଖ ବହୁ କଂଗ୍ରେସ ନେତା ସ୍ୱାଗତ ସମ୍ବର୍ଦ୍ଧନା ଦେଇଥିଲେ। ଅପରାହ୍ନରେ ପାଲଲହଡାଠାରେ ଭାରତ ଯୋଡ଼ ଯାତ୍ରା- ଓଡ଼ିଶା ପଂହଚିଥିଲା। ସମଗ୍ର ପାଲଲହଡ଼ା ସହରାଂଚଳକୁ ପରିକ୍ରମା କରାଯାଇଥିଲା। ଏଠାରେ ଥିବା ମହାତ୍ମା ଗାନ୍ଧୀ, ବିର୍ଶା ମୁଣ୍ଡା, ଇନ୍ଦିରା ଗାନ୍ଧୀଙ୍କ ପ୍ରତିମୂର୍ତିରେ ମାଲ୍ୟାର୍ପଣ କରାଯାଇଥିଲା। ଏଠାରେ ଉପସ୍ଥିତ ଜନସାଧାରଣଙ୍କୁ ସମ୍ବୋଧିତ କରି କହିଥିଲେ ଯେ ବର୍ଷକୁ ମୋଦି ୨କୋଟି ଚାକିରି ଦେବା କଥା କହିଥିଲେ ଏବଂ ନବୀନବାବୁ ୨ଲକ୍ଷ ଚାକିରି କଥା କହିଥିଲେ। ୨୨ ବର୍ଷରେ ୪୪ ଲକ୍ଷ ଯୁବକଙ୍କୁ ରାଜ୍ୟ ସରକାର ଚାକିରି ଦେବା କଥା ଏବଂ ୧୮ କୋଟି ଯୁବକ ଭାରତବର୍ଷରେ ରୋଜଗାର ପାଇବା କଥା କିନ୍ତୁ ପାଇଛନ୍ତି କି? ଦରଦାମ ଆଜି ଆକାଶଛୁଆଁ, ଅଟା, ଗୁଡ଼, ମୁଢ଼ି, ଚୁଡ଼ା, ଛତୁଆ ଉପରେ ମଧ ଟ୍ୟାକ୍ସ ଲଗାଯାଇଛି। ସାଧାରଣ ଜନତା ହନ୍ତସନ୍ତ। ଚାଷୀର ଆୟ ସର୍ବନିମ୍ନ, ଯୁବକମାନଙ୍କ ପାଖରେ ରୋଜଗାର ନାହିଁ କିନ୍ତୁ ମୁଖ୍ୟମନ୍ତ୍ରୀ ଏକ ନମ୍ବର ପ୍ରଧାନମନ୍ତ୍ରୀ ବିଶ୍ୱଗୁରୁ, ଏହା କେବଳ ଗଣମାଧ୍ୟମରେ ସମ୍ଭବ। ପାଲଲହଡ଼ାଠାରେ ଅନୁଗୁଳ ଜିଲ୍ଲା କଂଗ୍ରେସ ସଭାପତି ବିପ୍ଳବ ଜେନା ପାଲଲହଡ଼ାର ବିଧାନସଭା କଂଗ୍ରେସ ପ୍ରାର୍ଥୀ ସୁବ୍ରତ ଗଡ଼ନାୟକ ଏହି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ ମନ୍ତ୍ରୀ ନବୀନ ଚନ୍ଦ୍ର ନାରାୟଣ ଦାସ, ସସ୍ମିତା ବେହେରା, ସୁନିଲ ଦାସ, ବିଜୟାନନ୍ଦ ଚାଉଳିଆ, ଲୋକନାଥ ମହାରଥି, ସଂକୁନା କହଁର, ରାଜକିଶୋର ସାହୁ, ସଂଗ୍ରାମ କେଶରୀ କୁହଁର, ପ୍ରଦ୍ୟୁମ୍ନ ସାହୁ, ସୁଶ୍ରୀ ଶାନ୍ତି, ଉମା ସାହୁ, ରଶ୍ମି ପାଢ଼ୀ, ଜୟନ୍ତ ସାହୁ, ତପନ ପ୍ରଧାନ, ମହମ୍ମଦ ସାହାଦୁଲ୍ଲା, ବଲବିର ସିଂ,ନଗେନ ବିନାୟକ, ଲୁପୁ ଥାପା, ଟିକନ ବେହେରା ପ୍ରମୁଖ ଅଂଶଗ୍ରହଣ କରିଥଲେ ବୋଲି ଭାରତ ଯୋଡ଼ ଯାତ୍ରା- ଓଡ଼ିଶାର ମିଡ଼ିଆ ଇନଚାର୍ଜ ପ୍ରକାଶ ମିଶ୍ର ଏକ ପ୍ରେସ ବିଜ୍ଞପ୍ତିରେ ଜଣାଇଛନ୍ତି।




# ଅଯୋଧ୍ୟା ଶ୍ରୀରାମ ମନ୍ଦିର ପ୍ରତିଷ୍ଠା ଉତ୍ସବ ପାଇଁ ରାୟଗଡାରେ ଆଧ୍ୟାତ୍ମିକ ପରିବେଶ !

ରାୟଗଡ଼ା,(ପି.ଏନ): ଆଜି ପବିତ୍ର ପ୍ରଭୁ ଶ୍ରୀରାମଙ୍କ ପ୍ରାଣ ପ୍ରତିଷ୍ଠାକୁ ନେଇ ସାରା ଦେଶ ଉତ୍ସବ ମୁଖର ହୋଇଛି। ସେହିପରି ରାୟଗଡା ସହରରେ ମଧ୍ୟ ଗେରୁଆ ମୟ ହୋଉଛି ପ୍ରତ୍ୟେକ ସ୍ଥାନରେ ପ୍ରଭୁ ଶ୍ରୀରାମ ଓ ହନୁମାନଙ୍କ ପତାକା ଲଗାଯାଇ ସୁନ୍ଦର ଭାବେ ସୁସଜିତ କରାଯାଇଛି। ବିଶେଷକରି ସହରରେ ବିଭିନ୍ନ ଶ୍ରୀରାମ ମନ୍ଦିରରେ ଆଲୋକ ମାଳା ସହ ଗେରୁଆ ମୟ କରାଯାଇଛି। ପୁରୁଣା ରାମ ମନ୍ଦିର ଠାରୁ ଏକ ବିରାଟ ବାଇକ ରାଲି ବାହାରି ସହର ପରୀକ୍ରମା କରି ଶେଷରେ ବିଜୁ ପଟନାୟକ ମଣ୍ଡପ ଠାରେ ଶେଷ ହୋଇଥିଲା । ଏହି ପରିକ୍ରମା ରେ ଗୋଟିଏ ଡି.ଯେ ଗାଡି ସହ ୧୦୦୦ ରୁ ଉର୍ଦ୍ଧ୍ୱ ଲୋକ ଯୋଗଦାନ ଦେଇଥିଲେ ! ଏହି ବାଇକ ରାଲି ରେ ବଜରଙ୍ଗ ଦଳ, ବିଶ୍ୱହିନ୍ଦୁ ପରିଷଦ ସହ ବହୁ ସଂଖ୍ୟକ ଶ୍ରୀ ରାମଙ୍କ ଭୋକ୍ତ ଯୋଗଦାନ ଦେଇଥିଲେ ! ଚ଼ାରି ଆଡେ ଜୟ ଶ୍ରୀରାମ ଧ୍ୱନିରେ ସହରପୁରା ରାମ ମୟ ହୋଇଥିଲା ! ତୋତ ସହ ବିଜୁ ପଟନାୟିକ କଲ୍ୟାଣ ମଣ୍ଡପ ଠାରେ ରାମନବମୀ ଉତ୍ସବ କମିଟି , ବଜରଙ୍ଗ ଦଳ, ବିଶ୍ୱହିନ୍ଦୁ ପରିଷଦ ପକ୍ଷରୁ ଭବ୍ୟ ଆୟୋଜନ କରାଯାଇଥିଲା। ପ୍ରୋଜେକ୍ଟର ମାଧ୍ୟମରେ ଅଯୋଧ୍ୟାରୁ ସିଧା ପ୍ରସାରଣ ଦେଖିବା ପାଇଁ ଶ୍ରଦ୍ଧାଳୁ ମାନଙ୍କ ପାଇଁ ବ୍ୟବସ୍ଥା କରାଯାଇଥିଲା । ତତ ସହିତ ଅନ ପ୍ରସାଦ ସେବନର ବ୍ୟବସ୍ତା ମଧ୍ୟ କରାଯାଇଥିଲା ।



## ଆଶାସାଥି ସଂଘ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର

କେନ୍ଦ୍ରାପଡା,(ପିଏନ)-ଭାରତୀୟ ମଜଦୁର ସଂଘ ସଂଲଗ୍ନ ରାଜ୍ୟ ଆଶାସାଥି ସଂଘ କେନ୍ଦ୍ରାପଡା ଜିଲ୍ଲା ଶାଖା ପକ୍ଷରୁ ୮ଦଫା ଦାବି ପୂରଣ ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର ଜିଲ୍ଲାପାଳଙ୍କ ଜରିଆରେ ପ୍ରଦାନ କରାଯାଇଛି । ଭାରତୀୟ ମଜଦୁର ସଂଘର ଜିଲ୍ଲା ସଭାପତି ପ୍ରଭାତ ପାଣି, ସଂପାଦକ ପ୍ରଶାନ୍ତ କୁମାର ତ୍ରିପାଠୀ ଓ ଅରୁଣ କୁମାର ସିଂହଙ୍କ ସମେତ ଆଶାସାଥି ସଭାପତି ମଞ୍ଜୁଲତା ସାମଲ, ସଂପାଦିକା ରାଜଲକ୍ଷ୍ମୀ ସୁତାର, ମଧୁସ୍ମିତା ଓଝା, ସୁଜାତା ରାଉତ ଓ ମନୋରମା ମହାପାତ୍ର ପ୍ରମୁଖ ଜିଲ୍ଲାପାଳ ସମର୍ଥ ବର୍ମାଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି । ଦାବି ଗୁଡିକ ମଧ୍ୟରୁ ଆଶାସାଥି ମାନଙ୍କୁ ସରକାରୀ ମାନ୍ୟତା ପ୍ରଦାନ, କେନ୍ଦ୍ର ସରକାରଙ୍କ ଘୋଷଣା ଅନୁଯାୟୀ ମାସିକ ୬ ହଜାର ଟଙ୍କା ପ୍ରଦାନ, ସାଥି ମାନଙ୍କ ପାଇଁ ଡ୍ରେସ୍ କୋଡ ଲାଗୁ କରିବା,ଆୟୁଷ୍ମାନ ଭାରତ ଚିକିତ୍ସା ବୀମାରେ ଆଶାସାଥିଙ୍କୁ ଅର୍ନ୍ତଭୁକ୍ତ କରିବା ଓ କୋଭିଡ-୧୯ ଯୋଦ୍ଧା ଭାବେ ଏମାନଙ୍କୁ ପ୍ରୋତ୍ସାହନ ରାଶି ଓ ସୁରକ୍ଷା ପ୍ରଦାନ କରିବା ଆଦି ପ୍ରମୁଖ ଦାବି ରହିଛି ।

## ବଉଲଝୋଳି ପଞ୍ଚାୟତରେ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ

କୁକୁଡ଼ାଖଣ୍ଡି( ଇପିଲି ପୂର୍ଣ୍ଣଚ଼ନ୍ଦ୍ର)(ପି.ଏନ): କୁକୁଡ଼ାଖଣ୍ଡି ବ୍ଲକ ଅନ୍ତର୍ଗତ ବଉଲଝୋଳି ପଞ୍ଚାୟତରେ ବୁଧବାର ଦିନ ପଞ୍ଚାୟତ ସ୍ତରୀୟ ' ଆମ ଓଡିଶା ନବୀନ ଓଡିଶା ' ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ବଉଲଝୋଳି ସରପଞ୍ଚ ଚ଼ିତ୍ତରଞ୍ଜନ ବିଷୋୟୀଙ୍କ ସଂଯୋଜନାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ରୂପେ କୁକୁଡ଼ାଖଣ୍ଡି ବ୍ଲକ ଅଧ୍ୟକ୍ଷ କାମାକ୍ଷା ପ୍ରସାଦ ପାତ୍ର ଯୋଗ ଦେଇ ପ୍ରଦୀପ ପ୍ରଜ୍ୱଳନ କରି କାର୍ଯ୍ୟକ୍ରମକୁ ଶୁଭାରମ୍ଭ କରିଥିଲେ । ସମ୍ମାନୀତ ଅତିଥି ଭାବେ ବିଡ଼ିଓ ପଲ୍ଲବୀ ସ୍ୱାଇଁ, ଜିଲ୍ଲା ପରିଷଦ ସଭ୍ୟା ଶିବାନୀ ସେଠି, ଜିପିଓ ସୁପ୍ରଭା ସାହୁ ପ୍ରମୁଖ ଯୋଗ ଦେଇଥିଲେ। ମୁଖ୍ୟ ଅତିଥି ଶ୍ରୀ ପାତ୍ର ନିଜ ବକ୍ତବ୍ୟରେ କହିଥିଲେ ଯେ, ବର୍ତ୍ତମାନ ପଞ୍ଚାୟତ ସ୍ତରରେ ଭିତିଭୂମିର ବିକାଶ ଉପରେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଗୁରୁତ୍ୱ ଦେଇଛନ୍ତି । ତେଣୁ ମୁଖ୍ୟମନ୍ତ୍ରୀଙ୍କ ବିଭିନ୍ନ ଯୋଜନାକୁ କିପରି ଗ୍ରାମାଞ୍ଚଳରେ ସଫଳ କରିବା ସେ ନେଇ ମିଳିମିଶି କାର୍ଯ୍ୟ କରିବାକୁ ସେ ପରାମର୍ଶ ଦେଇଥିଲେ। ଏହି ଶିବିରରେ ଜଗନ୍ନାଥ ସଂସ୍କୃତିର ସଂରକ୍ଷଣ, ଧାର୍ମିକ ସ୍ଥଳର ରୂପାନ୍ତରୀକରଣ, ମହିଳା ସଂଯୋଗୀକରଣ ଓ ଭିତିଭୂମି ର ବିକାଶ, ବ୍ୟାଙ୍କିଙ୍ଗ ଭିତିଭୂମିର ବିକାଶ, ପ୍ରାଥମିକ ବିଦ୍ୟାଳୟର ରୂପାନ୍ତରୀକରଣ, କ୍ରୀଡ଼ା ଭିତିଭୂମିର ବିକାଶ, ଐତିହ୍ୟ ଭିତିଭୂମିର ବିକାଶ, ପରିବହନ ବ୍ୟବସ୍ଥା, ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା, ଆମ ହସ୍ପିଟାଲ, ମମତା ଯୋଜନା, ମୁଖ୍ୟମନ୍ତ୍ରୀଙ୍କ ସ୍ୱତନ୍ତ୍ର ରିଲିଫ ସହାୟତା, ମଧୁବାବୁ ପେନସନ ଯୋଜନା, ହରିଶ୍ଚନ୍ଦ୍ର ସହାୟତା ଯୋଜନା, ମୋ ଘର ଯୋଜନା, ନିର୍ମାଣ ଶ୍ରମିକ କଲ୍ୟାଣ ଯୋଜନା ସହ ବିଭିନ୍ନ କଲ୍ୟାଣକାରୀ ଯୋଜନା ବିଷୟରେ ସଚେତନତା କରାଯାଇଥିଲା ।ଏଥିରେ ଅନ୍ୟତମ ଅତିଥି ରୂପେ ଗୋଷ୍ଠୀ ସାମାଜିକ ସୁରକ୍ଷା ଅଧିକାରୀ ମନୋଜ କୁମାର ପ୍ରଧାନ, ଏଇ ଅନୁରାଗ ରଥ,ଡବ୍ଲୁଇଓ ଅମୃତା ପଣ୍ଡା, କନିଷ୍ଠ ଯନ୍ତ୍ରୀ ଇନ୍ଦିରା ପ୍ରିୟଦର୍ଶୀନୀ ମହାଙ୍କୁଡ, ପିଇଓ ସୁଦାମ ମଲ୍ଲିକ, ଅଙ୍ଗନବାଡି ସୁପ୍ରଭାଇଜର ଲିଜା ସେଠି, ଯୋଗାଣ ସହାୟିକା ଲିଲି ଭୂୟାଁ, ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ସୁପ୍ରଭାଇଜର ପବିତ୍ରମୋହନ ପଟ୍ଟନାୟକ, ଆୟୁଷ ଡାକ୍ତର ବିଜୟ ଲକ୍ଷ୍ମୀ ପଣ୍ଡା, ସିଏଚ୍‌ଓ ରିତ୍ୱିକ୍ କୁମାର ଦଳେଇ, ଜିଆରଏସ୍ ମୋନାଲିଶା ଶତପଥୀ, ବଶିଷ୍ଠ କୁମାର ଜେନା, ଅନିଲ କୁମାର ଗୌଡ଼, ରାଧାମୋହନ ସେଠି, ବନ୍ଦନା ସେଠି, ଜିତେନ୍ଦ୍ର ସେଠି, କାମିନୀ ନାୟକଙ୍କ ସମେତ ଏମବିକେ, ସିଆରପି, ଅଙ୍ଗନବାଡି କର୍ମୀ, ଆଶାକର୍ମୀଙ୍କ ସମେତ ପଞ୍ଚାୟତର ଜନସାଧାରଣ ଏହି କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ ।ଆୟୋଜିତ ଏହି କାର୍ଯ୍ୟକ୍ରମରେ ଅତିଥିମାନଙ୍କ ଦ୍ୱାରା ବଉଲଝୋଳି ପଞ୍ଚାୟତର ବିକାଶ ମୂଳକ ପୁସ୍ତକର ଉନ୍‌ମୋଚ଼ନ ହୋଇଥିଲା ।ପରିଶେଷରେ ଛାତ୍ର ଛାତ୍ରୀଙ୍କ ଦ୍ୱାରା ଚ଼ିତାକର୍ଷକ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

## ଶିକ୍ଷା ସମେତ ବିଭିନ୍ନ ବିକାଶ ଦିଗରେ ସଚେତନତାର କାର୍ଯ୍ୟକ୍ରମ

କନ୍ଧମାଳ,(ପିଏନ)-କନ୍ଧମାଳ ଜିଲ୍ଲାର ଅଗ୍ରଣୀ ଅନୁଷ୍ଠାନ ଗୁଡ୍ ସୁମରିଟାନ୍ ଓ ଅନ୍ତରଙ୍ଗ କନ୍ଧମାଳ ପକ୍ଷରୁ ପୋଷଣ ଅଭିଯାନ ଓ କରୋନା ସଚେତନତା କାର୍ଯ୍ୟକ୍ରମ ଚକାପାଦ ବ୍ଲକର ନନ୍ଦିନୀ, ପସରା, ବରପଲ୍ଲୀ ଓ ଘୁ ଉଦୟଗିରି ବ୍ଲକର କଡିକାଡୁ ଗ୍ରାମରେ କରୋନା ଭୁତାଣୁ ସଂକ୍ରମଣ ରୋଗର ସଚେତନତା ଓ ସର୍ତକତାର ବାର୍ତା ପହଂଚାଇବା ସହ ୭୦୦ ଶହରୁ ଅଧିକା ମାସ୍କ ବଂଟନ କରିବା ସହ ବ୍ୟବହାର କରିବା କୋଭିଡ ନିୟମକୁ ପାଳନ ପାଇଁ ପର୍ବତାଇବ.ଶିଶୁ ଶିକ୍ଷାକୁ ଉତ୍ସାହିତ କରିବା,ବାଲ୍ୟ ବିବାହ ବନ୍ଦ କରିବା ପାଇଁ "ବାଲ୍ୟ ବିବାହକୁ ନା କହିବା ଓ ପାଠ ପଢ଼ାକୁ ହଁ କହିବା"ନାରା ଦେଇଛନ୍ତି ଗାଁର କିଶୋର କିଶୋରୀ ମାନେ ଓ ଗାଁ ଲୋକମାନେ । ମହାମାରୀ ସମୟରେ ନିଜନିଜକୁ ସତର୍କ କରି ସୁରକ୍ଷିତ ରହିଲେ ନିଜ ପରିବାର ସୁରକ୍ଷିତ ରହିବ ଓ ନିଜ ଅଂଚଳ ସୁରକ୍ଷିତ ହେବା ସହ ଗାଁରେ କୌଣସି ବ୍ୟକ୍ତି କରୋନା ରୋଗରେ ଆକ୍ରାନ୍ତ ହେବେ ନାହିଁ ଓ ଏହି ସମୟରେ ଛୋଟ ଛୋଟ ଶିଶୁ ମାନଙ୍କୁ ଓ କିଶୋର କିଶୋରୀ ଓ ଗର୍ଭବତୀ ମହିଳାଙ୍କ ପାଇଁ ପୋଷକ ତତ୍ୱର ଅଭାବ ଦେଖାଯାଇଥିବାର ସୁଚନା ଅନୁମାନ କରାଯାଇଛି ।ଯାହ ପାଇଁ ଆମକୁ ସାବଧାନତା ଅବଲମ୍ବନ କରି ପୋଷକ ତତ୍ୱର ଖାଦ୍ୟ ପଦାର୍ଥ ଖାଇବା ଆବଶ୍ୟକତା ରହିଛି ବୋଲି ଅନ୍ତରଙ୍ଗ ଯୁବ ମାହାସଂଘର ସମ୍ପାଦକ ହୃଷିକେଶ ପ୍ରଧାନ ବୁଝେଇଥିଲେ ।ମହାମାରୀ ପାଇଁ ସ୍କୁଲ କଲେଜ ଗୁଡିକ ବନ୍ଦ ରହିଥିବା ଫଳରେ ଛାତ୍ରଛାତ୍ରୀ ମାନଙ୍କ ପାଠପଢ଼ାରେ ବ୍ୟାଘାତ ଶୃଷ୍ଟି ହେଉଛି ।ଏହାର ସମାଧାନ ଆମ ନିଜ ପାଖରେ ଅଛି ।ଯାହାକି ନିଜେ ପାଠ ପଢ଼ିବା ଅଭ୍ୟାସ ରଖିବାକୁ ପଡିବ ଓ ଆଗାମୀ ଦିନରେ ମଧ୍ୟ ପଢ଼ିବା ପାଇଁ ଅନ୍ୟ ଭାଇଭଉଣୀଙ୍କୁ ମଧ୍ୟ ପ୍ରବର୍ତାଇବା ଉଚିତ ବୋଲି ବାଲ୍ୟ ବିବାହ ପ୍ରତିରୋଧ ମଂଚର ସମ୍ପାଦିକା ବିଷ୍ଣୁ ପ୍ରିୟା ପ୍ରଧାନ କହିଛନ୍ତ ।

## ମହିଳା ସାଥି ନିଯୁକ୍ତି ବାତିଲ୍ ନହେଲେ ଆନ୍ଦୋଳନ କରିବେ ଗାଁ ସାଥି

କେନ୍ଦ୍ରାପଡା, (ପିଏନ)- ନିଖିଳ ଓଡିଶା ଗାଁ ସାଥି ସଂଘ କେନ୍ଦ୍ରାପଡା ଶାଖା ପକ୍ଷରୁ ମହିଳା ସାଥି ନିଯୁକ୍ତି ବାତିଲ୍ ପାଇଁ ଦାବି କରାଯାଇଛି । ନିଯୁକ୍ତି ବାତିଲ୍ କରା ନଗଲେ ଚଳିତ ମାସ ୧୮ ତାରିଖରେ ଜିଲ୍ଲାପାଳ ଜିଲ୍ଲା କାର୍ଯ୍ୟାଳୟ ସମ୍ମୁଖରେ ସତ୍ୟାଗ୍ରହ କରାଯିବ ବୋଲି ଜିଲ୍ଲା କମିଟି କର୍ମକର୍ତା ମାନେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର କେନ୍ଦ୍ରାପଡା ଜିଲ୍ଲାପାଳଙ୍କୁ ପ୍ରଦାନ କରିଛନ୍ତି । ସ୍ମାରକପତ୍ରର ଦାବି ମୁତାବକ ଏମ ନରେଗା କାର୍ଯ୍ୟ ପରିଚାଳନା ପାଇଁ ରାଜ୍ୟ ସରକାର ପ୍ରତ୍ୟେକ ରାଜସ୍ୱ ଗ୍ରାମରେ ଦୁଇ ଜଣ ଉଚ୍ଚ ଶିକ୍ଷିତ ଗାଁ ସାଥିଙ୍କୁ ନିଯୁକ୍ତି ଦେଇଥିଲେ । ଚୁକ୍ତି ମୁତାବକ ସେମାନଙ୍କୁ ଥଇଥାନ କରା ନଯାଉଣୁ ପୁନର୍ବାର ପ୍ରତ୍ୟେକ ଗ୍ରାମରେ ଦୁଇଜଣ ମହିଳାଙ୍କୁ ନିଯୁକ୍ତି ଦେବାପାଇଁ ବିଜ୍ଞାପନ ବାହାର କରାଯାଇଛି ।

## ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଙ୍କୁ ପଦୋନ୍ନତି

କଣାସ, (ପିଏନ)- ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକଙ୍କ ପକ୍ଷରୁ ହାଇସ୍କୁଲ ଶିକ୍ଷକମାନଙ୍କର ପଦୋନ୍ନତି ସମ୍ପର୍କିତ ସରକାରୀ ତାଲିକା ପ୍ରକାଶ ପାଇଛି । କିନ୍ତୁ ଏହି ତାଲିକାର ସଠିକତା ନେଇ ବୁଦ୍ଧିଜୀବି ମହଲରେ ପ୍ରଶ୍ନବାଚୀ ସୃଷ୍ଟି କରିଛି । କାରଣ ଏହି ତାଲିକାରେ କଣାସ ବ୍ଲକରୁ ଜଣେ ଶିକ୍ଷକଙ୍କ ମୃତ୍ୟୁ ହୋଇଯାଇଥିବା ବେଳେ ଅନ୍ୟ ଜଣେ ୯ ମାସ ହେଲା ଅବସର ନେଇଯାଇଥିବା ବେଳେ ସେମାନଙ୍କୁ ପଦୋଉନ୍ନତି ଦିଆଯାଇଥିବା ଜଣାପଡିଛି । ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ଚିଠି ନଂ- ୧୯୦୭୦ ତାରିଖ ୧୧.୦୯.୨୦୨୦ରିଖରେ ପୁରୀ ଜିଲ୍ଲାର ୯୨ ଜଣ କନିଷ୍ଠ ବର୍ଗ ଶିକ୍ଷକ ଶିକ୍ଷୟତ୍ରୀଙ୍କୁ ପଦୋନ୍ନତି ମିଳିଛି । ଉପୋଉନ୍ନତି ସାଙ୍ଗକୁ ସେମାନଙ୍କୁ ସେହି ବିଦ୍ୟାଳୟ ଅଥବା ଅନ୍ୟ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ଭାବେ ନିଯୁକ୍ତି ପ୍ରଦାନ କରାଯାଇଛି । କିନ୍ତୁ, ଏହି ତାଲିକାର କ୍ରମିକ ନଂ-୫୮ରେ ଥିବା ଜମ୍ମେଶ୍ୱର ସାମନ୍ତରାୟ ଗଡସାନପୁଟ ହାଇ ସ୍କୁଲରୁ ଗତ ଜାନୁଆରି ମାସରେ ଅବସର ନେଇଯାଇଥିବା ବେଳେ ସେହି ତାଲିକାର କ୍ରମିକ ନଂ-୬୧ରେ ଥିବା କାଦୁଆଖାଟ ଏକାଡେମୀର ରମେଶ ଚନ୍ଦ୍ର ମିଶ୍ର ଗତ ବର୍ଷ ମଇ ମାସରେ ଆରପାରିକୁ ଚାଲିଗଲେଣି । ଅବସର ନେବା ୮ମାସ ଅଥବା ମୃତର ଦେଢ ବର୍ଷପରେ ସରକାରୀ ନିର୍ଦ୍ଦେଶାନାମା ଅନୁଯାୟୀ ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଦ୍ୱୟ କିପରି ଦାୟିତ୍ୱ ଗ୍ରହଣ କରିବେ ଏହାକୁ ହିଁ ବୁଦ୍ଧିଜୀବିମାନେ ଅପେକ୍ଷା କରିରହିଛନ୍ତି ।

## ବାଲିଘାଟ ନିଲାମ ବନ୍ଦ ପାଇଁ ହାଇକୋର୍ଟରେ ମାମଲା

କୋରେଇ, (ପିଏନ)- ଯାଜପୁର ଜିଲ୍ଲା କୋରାଇ ବ୍ଲକ ମୂଳାପାଳ ପଂଚାୟତ ଅନ୍ତର୍ଗତ ରଣପାଳ ଓ ଧନତ୍ରୀ ମୌଜାର ବୈତରଣୀ ନଦୀରେ ବାଲିଘାଟ ନିଲାମ ପାଇଁ ରାଜସ୍ୱ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଥିଲା । ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ନକରିବାକୁ ଗ୍ରାମବାସୀଙ୍କ ପକ୍ଷରୁ ଜିଲ୍ଲାପାଳଙ୍କ ଠାରୁ ଆରମ୍ଭ କରି ତହସିଲଦାରଙ୍କ ପର୍ଯ୍ୟନ୍ତ ସମସ୍ତଙ୍କୁ ପତ୍ର ମାଧ୍ୟମରେ ଜଣାଇ ଦିଆଯାଇଥିଲା । ପରେ ଦୁଇ ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ବନ୍ଦ କରିବା ନେଇ ଗ୍ରାମବାସୀ ହାଇକୋର୍ଟର ଦ୍ୱାରସ୍ଥ ହୋଇଥିଲେ । ଏନେଇ ଡବ୍ଲୁ. ପି. (ସି) ୨୨୭୨୫ରେ ମାମଲା ରୁଜୁ କରାଯାଇଛି । ବୈତରଣୀ ନଦୀର ଏହି ବାଲିଘାଟ ନିଲାମ ଦ୍ୱାରା ନଦୀବନ୍ଧ ପ୍ରତି ବିପଦ ସହ ବନ୍ୟାପ୍ଲାବିତ ଏହି ପଂଚାୟତର କ୍ଷିରୋ, ସରସଦା ଧନତ୍ରୀ, ଗୋବିନ୍ଦପୁର, ରଣପାଳ ସମେତ ଅନେକ ଗ୍ରାମ କ୍ଷତିଗ୍ରସ୍ତ ହେବାର ସମ୍ଭାବନା ସୃଷ୍ଟି ହୋଇଛି । ତେଣୁ ବିପଦ ଦୃଷ୍ଟିରୁ ଏହି ନିଲାମ ବନ୍ଦ କରିବାକୁ ଅଭିଯୋଗରେ ଦର୍ଶାଯାଇଛି । ଏହା ସହିତ ନଦୀ ପଠାରେ ଥିବା ବିଭିନ୍ନ ଦେବାଦେବୀ ମନ୍ଦିର କ୍ଷତିଗ୍ରସ୍ତ ହେବ ।

ଏନେଇ ରଣପାଳ ଗ୍ରାମର କିଶୋର ଚନ୍ଦ୍ର ପାଳ, କାର୍ତିକ ଚନ୍ଦ୍ର ପଣ୍ଡା, ଅଭିମନ୍ୟୁ ପାଳ, ଉପେନ୍ଦ୍ର ବେହେରା, ପ୍ରତାପ ମଲ୍ଲିକ, ଦୁର୍ଗାପ୍ରସାଦ ପଣ୍ଡା ପ୍ରମୁଖ ଓଡିଶା ସରକାର ପଂଚାୟତରାଜ ପ୍ରିନିସପାଲ ସେକ୍ରେଟାରୀ, ରାଜସ୍ୱ ଓ ପ୍ରାକୃତିକ ବିପର୍ଯ୍ୟୟ ପ୍ରିନିସିପାଲ ସେକ୍ରେଟାରୀ, କଲେକ୍ଟର ଯାଜପୁର, ସବକଲେକ୍ଟର ଯାଜପୁର ଓ ତହସିଲଦାରଙ୍କୁ ପକ୍ଷଭୁକ୍ତ କରାଯାଇ ହାଇକୋର୍ଟରେ ମାମଲା ରୁଜୁ କରିଛନ୍ତି । ପରବର୍ତି ଶୁଣାଣୀ ପର୍ଯ୍ୟନ୍ତ ନିଲାମ ବନ୍ଦ କରିବାକୁ ହାଇକୋର୍ଟ ଜିଲ୍ଲାପାଳ ଯାଜପୁରଙ୍କୁ ଅବଗତ କରିଛନ୍ତି ।

## କନ୍ଧମାଳ ଜିଲ୍ଲାର ଖଜୁରିପଡାରେ ମା ଗୃହ ଉଦଘାଟିତ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲା ବାଲିଗୁଡାର ସ୍ୱେଚ୍ଛାସେବୀ ଅନୁଷ୍ଠାନ ବନବାସୀ ସେବା ସମିତିର ପରିଚାଳନାରେ ଏବଂ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳ ସହାୟତାରେ ଏକ ନୁତନ ମା ଗୃହ କନ୍ଧମାଳ ଜିଲ୍ଲାର ଖଜୁରିପଡାଠାରେ ଉଦଘାଟିତ ହୋଇଯାଇଛି । ଏହି ଏଦଘାଟନୀ କାର୍ଯ୍ୟକ୍ରମ କୋଭିଡ ନିୟମ ଅନୁସାରେ ଆୟୋଜିତ ହୋଇଥିଲା । କାର୍ଯ୍ୟକ୍ରମର ମୁଖ୍ୟ ଅତିଥି ଭାବରେ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଶ୍ରୀମତୀ ମନସ୍ୱିନି ମିଶ୍ର ଯୋଗ ଦେଇ ଏହାର ଶୁଭ ଉଦଘାଟନ କରିଥିଲେ । ଏହି ଅବସରରେ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳର କାର୍ଯ୍ୟକ୍ରମ ପରିଚାଳକ ମନରଞ୍ଜନ ସାହୁ,ଖଜୁରିପଡାର ଡା.ନିମାଇଁ ଚରଣ ବିଶି,ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ରଶ୍ମିତା କରଣ,ଖଜୁରିପଡା ସମନ୍ୱିତ ଶିଶୁ ବିକାଶ ଅଧିକାରୀଣୀ ଗୀତାରାଣୀ ପଣ୍ଡା,ବନବାସୀ ଅନୁଷ୍ଠାନର ସମ୍ପାଦକ ଉତ୍ସବଚନ୍ଦ୍ର ଜେନା,ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା,ଚାଇଲ୍ଡଲାଇନର ସମସ୍ତ କର୍ମକର୍ତା ଓ ସଦସ୍ୟ ମାନେ ,ସଖିର ସଦସ୍ୟା ଓ ମା ଗୃହର ସମସ୍ତ କର୍ମକର୍ତାଙ୍କ ସମେତ ଅଂଚଳର ଲୋକମାନେ ଉପସ୍ଥିତ ଥିଲେ । ଏଠାରେ ଏହି ବ୍ଲକରେ ଥିବା ଦୁର୍ଗମ ଅଂଚଳର ଗର୍ଭବତୀ ମା ମାନେ ସେମାନଙ୍କର ପ୍ରସବ ପୁର୍ବରୁ ସେଠାରେ ଆସି ରହିବା ସହିତ ସେମାନଙ୍କୁ ଆବଶ୍ୟକୀୟ ଚିକିତ୍ସା ମାଗଣାରେ ପ୍ରଦାନ କରାଯିବା ସହିତ ସେମାନେ କିପରି ସୁସ୍ଥ ମାନସିକତାରେ ରହି ସଠିକ୍ ଭାବରେ ପ୍ରସବ କରି ପାରିବେ ସେଥିପାଇଁ ସେମାନଙ୍କ ପାଇଁ ପୌଷ୍ଟିକ ଖାଦ୍ୟପେୟ ସହିତ ମନରଞ୍ଜନ ପାଇଁ ମଧ୍ୟ ଆବଶ୍ୟକୀୟ ବ୍ୟବସ୍ଥା କରାଯାଇ ଥିବା ନେଇ ବନବାସୀ ଆନୁଷ୍ଠାନର ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା ସୁଚନା ଦେଇଛନ୍ତି ।





୨୦୨୪-୨୦୨୫



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

ଖେଳ

ସାଧାରଣ ଲୋକଙ୍କ ଖବରକାଗଜ

ପର୍ଯ୍ୟବେକ୍ଷକ 25

PARYABEKHYAK

ପର୍ଯ୍ୟବେକ୍ଷକ

Bhubaneswar Thursday January 25 ଭୁବନେଶ୍ୱର ଗୁରୁବାର, ଜାନୁଆରୀ ୨୫,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



# ମହିଳା ଶୋଭାଯାତ୍ରା ମାଧ୍ୟମରେ ଶ୍ରୀକାନ୍ତଙ୍କୁ ବିଜେଡ଼ି ଟିକେଟ୍ ଦେବାକୁ ଦାବି

ଧର୍ମଶାଳା, (ପିଏନ୍): ଧର୍ମଶାଳା ବିକାଶ ପରିଷଦ ସଭାପତି ଶ୍ରୀକା' ସାହୁଙ୍କୁ ବିଜେଡ଼ି ଦଳ ବିଧାୟକ ଟିକେଟ୍ ଦେବାକୁ ମାତୃଶକ୍ତି ମହାସଂଘ ଦାବି କରିଛି । ବିଜେଡ଼ି ବ୍ୟାନରରେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ରାଜ୍ୟ ବିଜେଡ଼ି ସାଂଗଠନିକ ସଂପାଦକ ପ୍ରଣବ ପ୍ରକାଶ ଦାସ, ୫-ଟି ଅଧ୍ୟକ୍ଷ ଭି.କେ ପାଣ୍ଡିଆନ୍, ବିଜେଡ଼ିର ଯାଜପୁର ଜିଲ୍ଲା ପ୍ରଭାରୀ ମନ୍ତ୍ରୀ ଆଶୋକ ଚନ୍ଦ୍ର ପଣ୍ଡା, ଶଙ୍ଖ ଚିହ୍ନ ଓ ଶ୍ରୀକା' ସାହୁଙ୍କ ଫଟୋ ଥିବା ବେଳେ ସ୍ଥାନୀୟ ବିଧାୟକ କିମ୍ବା ଅନ୍ୟ ନେତାଙ୍କର ଫଟୋ ନଥିଲା । ଯାହାକି ଧର୍ମଶାଳା ଅଂଚଳରେ ପୁଣି ଏକ ରାଜନୈତିକ ଚର୍ଚ୍ଚା ସୃଷ୍ଟି କରିଛି । ପ୍ରକାଶ ଯେ, ମାତୃଶକ୍ତି ମହାସଂଘ ସଭାନେତ୍ରୀ ସତ୍ୟଭାମା ମଲିକ, ନାରୀନେତ୍ରୀ ନମିତା ନାୟକ, ଝରଣା ଦାସ, ସଂଗୀତା ମହାଁ ପ୍ରମୁଖଙ୍କ ନେତୃତ୍ୱରେ ଶତାଧିକ ମହିଳା ଶାଁବଜାର ସମ୍ରାଟ୍ ମଣ୍ଡପରୁ ଏକ ଶୋଭାଯାତ୍ରାରେ ବାହାରି ଜାରକା ବଜାର ପରିକ୍ରମା କରିଥିଲେ । ହାତରେ ପ୍ଲାକାର୍ଡ଼ ଧରି ଶ୍ରୀକା' ସାହୁ(କାଁଆ)ଙ୍କୁ ବିଜେଡ଼ି ଦଳ ବିଧାୟକ ପ୍ରାର୍ଥୀ ଭାବେ ଚୟନ କରିବାକୁ ରାଜ୍ୟ ନେତୃତ୍ୱକୁ



ଅନୁରୋଧ କରିଥିଲେ । ଏହି ନିବେଦନ ଶୋଭାଯାତ୍ରା ମାଧ୍ୟମରେ ମହିଳାମାନେ ଶ୍ରୀକା'ଙ୍କୁ ନିଜର ସମର୍ଥନ ଜଣାଇବା ସହିତ ତାଙ୍କୁ ବିଜେଡ଼ି ପ୍ରାର୍ଥୀ କରାଗଲେ ଧର୍ମଶାଳାରେ ଆହୁରି ଅଧିକ ବିକାଶ ହୋଇପାରିବ ବୋଲି ନାରାବାଜି କରିଥିଲେ । ଏଥିପୂର୍ବରୁ ଗତ ଡିସେମ୍ବର ମାସ ୩୦ ତାରିଖରେ ଧର୍ମଶାଳା ବ୍ରାହ୍ମଣ ସଂଘ ମଧ୍ୟ ଶ୍ରୀକା'ଙ୍କୁ ଆଗାମୀ ବିଧାନସଭା ନିର୍ବାଚନରେ ବିଜେଡ଼ି ଟିକେଟ୍ ପ୍ରଦାନ କରିବାକୁ ମୁଖ୍ୟମନ୍ତ୍ରୀ, ୫-ଟି ଅଧ୍ୟକ୍ଷ ଓ ରାଜ୍ୟ ବିଜେଡ଼ି ସାଂଗଠନିକ ସଂପାଦକଙ୍କୁ ନିବେଦନ କରିଥିଲେ । ସେହିପରି ଶ୍ରୀ ସାହୁ ଗତବର୍ଷ ସେପ୍ଟେମ୍ବର ୪ତାରିଖରେ ଧର୍ମଶାଳା ବିକାଶ ପରିଷଦ ବ୍ୟାନରରେ ଏକ ବିଶାଳ ବାଇକ୍ ଶୋଭାଯାତ୍ରା କରି ଧର୍ମଶାଳା ବିଡ଼ିଓଙ୍କୁ ଦାବିପତ୍ର ଦେବା ଆଳରେ ନିଜ ଶକ୍ତି ପ୍ରଦର୍ଶନ କରିଥିଲେ । ଉଲ୍ଲେଖ ଯୋଗ୍ୟ, ଛାତ୍ର ରାଜନୀତିରୁ କ୍ୟାରିୟର ଆରମ୍ଭ କରିଥିବା ଶ୍ରୀକା' ୧୯୯୬ରେ ଧର୍ମଶାଳା କଲେଜ୍ ଛାତ୍ର ସଂସଦର ସଂପାଦକ ଓ ୧୯୯୮ରେ ଛାତ୍ର ସଂସଦ ସଭାପତି ଭାବେ ନିର୍ବାଚିତ ହୋଇଥିଲେ । ୨୦୧୩ରେ ଧର୍ମଶାଳା ବିକାଶ ପରିଷଦ ଗଠନ କରି ବିଭିନ୍ନ ସାମାଜିକ କାର୍ଯ୍ୟରେ ନିଜକୁ ନିୟୋଜିତ ରଖିଥିଲେ । ଓବିସି ଛାତ୍ର ସଂଘର ରାଜ୍ୟ ଆବାହକ ଓ ବିଦ୍ୟୁତ୍ କର୍ମଚାରୀ ସଂଘର ରାଜ୍ୟ ସଭାପତି ଭାବେ କାର୍ଯ୍ୟ କରୁଛନ୍ତି । ଗତ ୨୦୧୯ ମାର୍ଚ୍ଚ ୨୧ତାରିଖରେ ସେ କଂଗ୍ରେସ ଛାଡ଼ି ନବୀନ ନିବାସରେ ନବୀନ ପଟ୍ଟନାୟକଙ୍କ ଉପସ୍ଥିତିରେ ବିଜେଡ଼ିରେ ଯୋଗ ଦେଇଥିଲେ । ରାଜ୍ୟ ଯାଦବ ମହାସଭାର ସଭାପତି ଉତମ ଦାସ ମଧ୍ୟ ମାତୃଶକ୍ତି ମହାସଂଘର ଏହି ଦାବିକୁ ସମର୍ଥନ ଜଣାଇଥିଲେ ।

# ମୁଖ୍ୟମନ୍ତ୍ରୀଙ୍କୁ ଯେତେ ଧନ୍ୟବାଦ ଦେଲେ ବି କମ ପଡିବ : ଉତ୍ତର ବିଧାୟକ

ଭୁବନେଶ୍ୱର,(ପି.ଏନ): ଓଡିଶାରେ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ନେତୃତ୍ୱରେ ବିକାଶ ଧାରା ଜାରି ରହିଛି । ବିଗତ ୨୩ ବର୍ଷ ବିଜେଡି ଶାସନ କାଳ ମଧ୍ୟରେ ଓଡିଶା ସମସ୍ତ ରାଜ୍ୟ ତୁଳନାରେ ଉନ୍ନତି କ୍ଷେତ୍ରରେ ବହୁ ଆଗରେ ରହିଛି । ଜନ୍ମ ଠାରୁ ଜୁଇ ପର୍ଯ୍ୟନ୍ତ ସମସ୍ତ ଜନହିତକାରୀ ଯୋଜନା ଲୋକକମଇନଙ୍କୁ ଯୋଗାଇ ଦିଆଯାଇଛି । ରାସ୍ତାଘାଟ, ଗମନାଗମନ, ଶିକ୍ଷା, ସ୍ୱାସ୍ଥ୍ୟ, କ୍ରୀଡା, ପର୍ଯ୍ୟଟନ ଓ ଧାର୍ମିକ ସ୍ଥଳର ନବକଳେବର ଘଟିଛି । ମହିଳା ମାନଙ୍କୁ ସମାଜର ମୁଖ୍ୟ ସ୍ରୋତରେ ସାମିଲ କରିବା ପାଇଁ ପର୍ଯ୍ୟାପ୍ତ ପରିମାଣରେ ସୁବିଧା ସୁଯୋଗ ଯୋବାଇ ଦିଆଯାଇଛି । ତାହା କେବଳ ମାନ୍ୟବର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ପାଇଁ ସମ୍ଭବ ହୋଇପାରିଛି । ୨୩ ବର୍ଷ ମଧ୍ୟରେ ହୋଇଥିବା ବିକାଶ ପାଇଁ ଯଦି ପ୍ରତିଦିନ ମୁଖ୍ୟମନ୍ତ୍ରୀଙ୍କୁ ଧନ୍ୟବାଦ ଦିଆଯାଏ ତଥାପି କମ ପଡିବ ବୋଲି ବିଏମସି ୧ ନମ୍ବର ୱାର୍ଡର ପ୍ରଶାନ୍ତି ବିହାର ଠାରେ ଅନୁଷ୍ଠିତ ଧନ୍ୟବାଦ ସଭାରେ ଉତ୍ତର ବିଦାୟକ ସୁଶାନ୍ତ କୁମାର ରାଉତ କହିଛନ୍ତି । ଆଜି ଉତ୍ତର ନିର୍ବାଚନ ମଣ୍ଡଳୀ ଅର୍ନ୍ତଗତ ୧ ନମ୍ବର ୱାର୍ଡର ପ୍ରଶାନ୍ତି ବିହାର ଦୁର୍ଗା ପଡିଆ ଠାରେ ଉତ୍ତରର ଲିଜ ପ୍ଲଟଧାରୀ ମାନଙ୍କ ପକ୍ଷରୁ



ଧନ୍ୟବାଦ ସଭା ଆୟୋଜିତ ହୋଇଥିଲା । ପ୍ରସାନ୍ତି ବିହାର ବିକାଶ ସମିତିର ସଭାପତି ଅରୁଣ କୁମାର ବେହେରାଙ୍କ ନେତୃତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ଭାବେ ଉତ୍ତର ବିଧାୟକ ସୁଶାନ୍ତ କୁମାର ରାଉତ, ମେୟର ସୁଲୋଚନା ଦାସ, ୧ ନମ୍ବର ୱାର୍ଡର କର୍ପୋରେଟର ମିହିର କୁମାର ରାଉତ, ୨ ମନ୍ବର କର୍ପୋରେଟର ମୋନାଲିସା ବେହେରା ପ୍ରମୁଖ ଯୋଗଦେଇଥିଲେ । ଲିଜ ଜମିକୁ ସ୍ଥିତିବାନ କରାଇବା ପାଇଁ ଲିଜଧାରୀ ମାନଙ୍କୁ ୧୦ ପ୍ରତିଶତ କନଭରସନ ଖର୍ଚ୍ଚ ଦେବାକୁ ପଡୁଥିଲା । ଯାହା ଫଳରେ ଲିଜଧାରୀମାନେ ଏହି ଖର୍ଚ୍ଚ ବହନ କରିବାକୁ ସକ୍ଷମ ହୋଇପାରୁ ନଥିଲେ । ଲିଜଧାରୀମାନେ ଉତ୍ତର ବିଧାୟକ ବିଧାୟକଙ୍କ ଦ୍ୱାରସ୍ଥ ହୋଇ ନିବେଦନ କରିଥିଲେ । ଉତ୍ତର ବିଧାୟକ ସାଂଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସ ଓ ୫ଟି ଅଧକ୍ଷ ଭି କେ ପାଣ୍ଡିଆନଙ୍କ ଜରିଆରେ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ଅବଗତ କରାଇଥିଲେ । ମୁଖ୍ୟମନ୍ତ୍ରୀ ଏହି ୧୦ ପ୍ରତିଶତକୁ କମାଇ ୩ ପ୍ରତିଶତ କରିଥିବାରୁ ଲିଜଧାରୀମାନେ ଖୁସିବ୍ୟକ୍ତ କରିବା ସହିତ ମାନ୍ୟବର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ୫ଟି ଅଧକ୍ଷ ବି କେ ପାଣ୍ଡିଆନ, ସାଂଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସ, ବିଧାୟକ ସୁଶାନ୍ତ କୁମାର ରାଉତ, ମେୟର ସୁଲୋଚନା ଦାସ, କର୍ପୋରେଟର ମିହିର କୁମାର ରାଉତ, ମୋନାଲିସା ବେହେରାଙ୍କୁ ଧନ୍ୟବାଦ ଅର୍ପଣ କରିବା ସହିତ କୃତଜ୍ଞତା ଜଣାଇଥିଲେ । ପ୍ରସାନ୍ତି ବିହାର ଦୁର୍ଗାପୂଜା କମିଟିର ସଭାପତି ସଭା ପରିଚାଳନା କରିଥିଲା ବେଳେ ବରିଷ୍ଠ ନାଗରିକ ବିକାଶ ମଞ୍ଚର ସମ୍ପାଦକ ପୂର୍ଣ୍ଣଚନ୍ଦ୍ର ଭୋଇ ଧନ୍ୟବାଦ ଅର୍ପଣ କରିଥିଲେ । ଏହି କାର୍ଯ୍ୟକ୍ରମରେ ଉତ୍ତର ନିର୍ବାଚନ ମଣ୍ଡଳୀର ସମସ୍ତ ଆବାସିକ ସଂଘର କର୍ମକର୍ତ୍ତା ଓ ବାସିନ୍ଦାମାନେ ଯୋଗଦାନ କରିଥିଲେ ।

# ବକ୍ସି ଥିଲେ ଅମାପ ବୀରତ୍ୱ ଓ ସ୍ୱାଭିମାନର ପ୍ରତୀକ

ଖୋର୍ଦ୍ଧା,(ପି.ଏନ): ଭାରତର ପ୍ରଥମ ସ୍ୱାଧୀନତା ସଂଗ୍ରାମ ପାଇକ ବିଦ୍ରୋହର କର୍ଣ୍ଣଧାର ବକ୍ସି ଜଗବନ୍ଧୁ ବିଦ୍ୟାଧର ମହାପାତ୍ରଙ୍କ ୧୯୫ ତମ ଜୟନ୍ତୀ ପାଳିତ ହୋଇଯାଇଛି । ସହରର ବିଭିନ୍ନ ସ୍ଥାନରେ ଥିବା ବକ୍ସିଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିଲା । ଜିଲ୍ଲା ପ୍ରଶାସନ ପକ୍ଷରୁ ଜୟୀ ରାଜଗୁରୁ ଭବନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବିଶିଷ୍ଟ ଐତିହାସିକ ସତ୍ୟବାଦୀ ବଳିଆରସିଂହ, ଅତିରିକ୍ତ ଜିଲାପାଳ ପ୍ରତାପ ବେଉରା, କଳିଙ୍ଗ ପାଇକ ସଂଗଠନର ସଭାପତି ଭୀମସେନ ପ୍ରଧାନ, ଜିଲା ପରିଷଦ ଅଧ୍ୟକ୍ଷା ରୂପଶ୍ରୀ ରାଣୀ ଗୁମାନସିଂହ ପ୍ରମୁଖ ଅତିଥି ଭାବେ ଯୋଗଦେଇ ବକ୍ସିଙ୍କ ବୀରତ୍ୱ ଓ ସ୍ୱାଭିମାନ ସମ୍ପର୍କରେ ଆଲୋକପାତ କରିଥିଲେ । ଏହାପରେ ବକ୍ସି ଜଗବନ୍ଧୁ ବିଦ୍ୟାଧର



ଉଚ୍ଚବିଦ୍ୟାଳୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅତିଥି ଭାବେ ଉତ୍କଳ ବିକାଶ ପରିଷଦର ମୁଖ୍ୟ ଉପଦେଷ୍ଟା ସୁଦର୍ଶନ ନାୟକ, ପୂର୍ବତନ ମଂତ୍ରୀ ଡ. ଦେବେନ୍ଦ୍ରନାଥ ମାନସିଂହ, ପ୍ରାକ୍ତନ ପ୍ରଶାସକ ସହଦେବ ଜୟସିଂହ, ପୂର୍ବତନ ବିଧାୟକ ଡ. ଦିଲୀପ ଶ୍ରୀଚନ୍ଦନ, ବିଜେବି ହାଇସ୍କୁଲର ପ୍ରଧାନଶିକ୍ଷକ ପ୍ରଭାକର ସାହୁ ପ୍ରମୁଖ ଅତିଥି ଭାବେ ଯୋଗଦେଇ ବରୁଣେଇ ପାଦଦେଶରେ ଯଥାଶୀଘ୍ର ପାଇକ ସ୍ମାରକୀ ପ୍ରତିଷ୍ଠା ସହ ବରୁଣେଇ ପାହାଡ଼ରେ ବକ୍ସିଙ୍କ ପ୍ରତିମୂର୍ତ୍ତି ସ୍ଥାପନ ନେଇ ଦାବି ରଖିଥିଲେ । କଳିଙ୍ଗ ପାଇକ ସଂଗଠନର ସଭାପତି ଭୀମସେନ ପ୍ରଧାନଙ୍କ ସଂଯୋଜନାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ସାଧାରଣ ସମ୍ପାଦକ କୃଷ୍ଣଚନ୍ଦ୍ର ହରିଚନ୍ଦନ ଧନ୍ୟବାଦ ଅର୍ପଣ କରିଥିଲେ । ବହୁ ସଂଖ୍ୟାରେ ଛାତ୍ରଛାତ୍ରୀମାନେ ଏଥିରେ ସାମିଲ ହୋଇଥିଲେ ।

# ଭଦ୍ରକ ସାଂସଦ ଓ ବିଧାୟକଙ୍କ କରକମଳରେ ବିଭିନ୍ନ ରାସ୍ତାର ଶୁଭ ଭିତ୍ତିପ୍ରସ୍ତର ସ୍ଥାପନ

ଧାମନଗର,(ପି.ଏନ): ସଧାରଣ ନିର୍ବାଚନ ଆଗକୁ ଥିବା ବେଳେ ବିଭିନ୍ନ ରାଜନୈତିକ ଦଳ ସେମାନେ ରଣ କୌଶଳ ଆରମ୍ଭ କରିଥିବା ବେଳେ ଏବେ ମାରାଥନ ଭାବେ ବିଭିନ୍ନ ପ୍ରକଳ୍ପର ଶିଳାନ୍ୟାସ ଓ ଉଦଘାଟନ ପର୍ବ ଆରମ୍ଭ ହୋଇଯାଇଛି । ଆଜି ଦୁଇ ରାଜନୈତିକ ଦଳ ପକ୍ଷରୁ ଶିଳାନ୍ୟାସ ଓ ଉଦଘାଟନ କାର୍ଯ୍ୟକ୍ରମ ଏକ ନିଆରା ଢଙ୍ଗରେ ହୋଇଥିବା ଦେଖାଦେଇଛି । ଏ ପଟେ ବିଜେଡି କର୍ମୀ ଜୟ ଜଗନ୍ନାଥ ସେ ପଟେ ବିଜେପି କର୍ମୀଙ୍କ ଜୟ ଶ୍ରୀରାମ ଧୋନି ଦେଇ ନେତାଙ୍କୁ ଫଳକ ସ୍ଥଳକୁ ନେଇଥିବା ଦୃସ୍ୟ ଦେଖିବା କୁ ମିଳିଥିଲା । ପ୍ରକାଶ ଥାଉକି ଗ୍ରାମ ଉନ୍ନୟନ ବିଭାଗ ଓ ଜଳସେଚ଼ନ ବିଭାଗ ତରଫରୁ ମଞ୍ଜୁର ହୋଇଥିବା ପନ୍ଦରବାଟିଆ ଛକଠାରୁ ଗାନ୍ଧୀ ଘାଟ ରାସ୍ତା,ଓଲଟପୁର ରାସ୍ତା,ହସନାବାଦ ବାଲିପାଟଣା ରାସ୍ତା, ତିନୀଘରିଆ ନଦୀଗାଁ ରାସ୍ତା,ବାମଦେବ ପୁର କଣ୍ଡିଆ ନଦୀର ପୋଲ, କଣ୍ଟିଦୋଳ କୁଟୁରିଆ,କରଦା ଖଙ୍ଗରା ଓ ଖଡ଼ିପଦା ପଞ୍ଚାୟତର ମୁଥାନଗର ପୋଲ ନିର୍ମାଣ ପାଇଁ ଆଜି ଶୁଭ ଭିତ୍ତିପ୍ରସ୍ତର ସ୍ଥାପନା କରାଯାଇଛି । ଏଥିରେ ଅତିଥି ଭାବେ ଭଦ୍ରକ ସାଂସଦ ଶ୍ରୀ ମତୀ ମଞ୍ଜୁଲତା ମଣ୍ଡଳ, ଜିଲ୍ଲା ଯୋଜନା ବୋର୍ଡ ଅଧକ୍ଷ ତଥା ଚ଼ାନ୍ଦବାଲି ବିଧାୟକ ବେମକେଶ ରାୟ,ଧାମନଗର ବିଧାୟକ ସୂର୍ଯ୍ୟବଂଶୀ ସୁରଜ,ପୂର୍ବତନ ବିଧାୟକ ମୁକ୍ତିକାନ୍ତ ମଣ୍ଡଳ,ବିଜେଡ଼ି ଜିଲ୍ଲା ସଭାପତି ଜଗନ୍ନାଥ ସ୍ୱାଇଁ,ଆମ ଓଡ଼ିଶା ନବୀନ ଓଡ଼ିଶା ର ଜିଲ୍ଲା ସଂଯୋଜକ ଡ଼ା,ସଞ୍ଜୟ କୁମାର ଦାସ,ପଞ୍ଚାୟତ ସମିତି ଅଧକ୍ଷା ଶର୍ମିଷ୍ଠା ବେହେରା ବିଭାଗୀୟ ଅଧିକାରୀ ପ୍ରମୁଖଙ୍କ ଉପସ୍ଥିତରେ ଶିଳାନ୍ୟାସ ଓ ଉଦଘାଟନ କରିଥିଲେ । ଅନ୍ୟ ମାନଙ୍କ ମଧ୍ୟରେ ସାଂସଦ ବ୍ଲକ ପ୍ରତିନିଧି ହରେକୃଷ୍ଣ ପାଢୀ,ପୂର୍ବତନ ପଞ୍ଚାୟତ ସମିତି ଅଧକ୍ଷ ଅଶୋକ କୁମାର ନାୟକ,ଜିଲ୍ଲାପରିଷଦ ସଭ୍ୟ ପ୍ରଦୀପ ମଲ୍ଲିକ,ଶାରଦା ପ୍ରସନ୍ନ ସାହୁ,ସଭ୍ୟା ଉର୍ମିଳା ବିଶ୍ୱାଳ,ବିଜେଡ଼ି ବ୍ଲକ ସଭାପତି ଉମେଶ ମହାନ୍ତି, ଯୁବ ସଭାପତି ଭାରତ ବିଜୟ ଦଳାଇ, ବିଭିନ୍ନ ପଞ୍ଚାୟତର ସରପଞ୍ଚ ଓ ସମିତି ସଭ୍ୟଙ୍କ ସମେତ ଦଳୀୟ କର୍ମୀ ଓ ନେତା ସାମିଲ ହୋଇଥିଲେ । ତେବେ ଧାମନଗର ବ୍ଲକର ଉକ୍ତ ରାସ୍ତା ବିପର୍ଯ୍ୟସ୍ତ ଥିବା ବେଳେ ମାନ୍ୟବର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଉକ୍ତ ରାସ୍ତା କୁ ଅର୍ଥ ମଞ୍ଜୁର କରିଥିବାରୁ ଧାମନଗର ବିଜେଡ଼ି ତରଫରୁ ମୁଖ୍ୟମନ୍ତ୍ରୀ ଓ ୫ଟି ଅଧକ୍ଷଙ୍କୁ ଧନ୍ୟବାଦ ସହ କୃତଜ୍ଞତା ଜଣାଇଛନ୍ତି ।

# ଜିଲା ରେଳପଥ ଓ ଜମିଜମା କ୍ରିୟାନୁଷ୍ଠାନ କମିଟି ପକ୍ଷରୁ ମହାମହିମ ରାଜ୍ୟପାଳଙ୍କୁ ସ୍ମାରକପତ୍ର ପ୍ରଦାନ

ଫୁଲବାଣୀ,(ପି.ଏନ):ମହାମହିମ ରାଜ୍ୟପାଳ ରଘୁବର ଦାସ ଦିନିକିଆ କନ୍ଧମାଳ ଗସ୍ତରେ ଆସିଥିବା ବେଳେ ଜିଲା ରେଳପଥ କ୍ରିୟାନୁଷ୍ଠାନ କମିଟି ପକ୍ଷରୁ ଫୁଲବାଣୀ ସର୍କିଟ ହାଉସଠାରେ କମିଟିର ଏକ ପ୍ରତିନିଧି ମଣ୍ଡଳୀ ରାଜ୍ୟପାଳଙ୍କୁ ସ୍ୱାଗତ କରିବା ସହ ଜିଲା ସଦର ମହକୁମାକୁ ରେଳପଥ ସଂଯୋଗ ନେଇ ଏକ ସ୍ମାରକ ପତ୍ର ପ୍ରଦାନ କରିଛନ୍ତି । ଗୋପାଳପୁର ସମ୍ବଲପୁର ଭାୟା ଫୁଲବାଣୀ ରେଳପଥ ଫୁଲବାଣୀ ସଦର ମହକୁମା ଦେଇ ନିର୍ମାଣ କରିବା ନିମନ୍ତେ ନୂଆ ଡିପିଆର ପ୍ରସ୍ତୁତ ନିମନ୍ତେ ରାଜ୍ୟ ସରକାରଙ୍କୁ ସୁପାରିଶ କରିବାକୁ ପ୍ରତିନିଧି ମଣ୍ଡଳୀ ରାଜ୍ୟପାଳଙ୍କୁ ଅନୁରୋଧ କରିଥିଲେ ।ଫୁଲବାଣୀ ସଦର ମହକୁମାକୁ ବାଦ ଦେଇ ଚ଼କାପାଦ ଠାରୁ ଖୋର୍ଦ୍ଧା ବଲାଙ୍ଗୀର ରେଳପଥ ସହ ସଂଯୋଗ ପାଇଁ



ପରିବର୍ତ୍ତିତ ଡିପିଆର ଓରିଡିଲ ପକ୍ଷରୁ ରେଳ ମନ୍ତ୍ରଣାଳୟ କୁ ଦିଆଯିବା ଓ ରେଳ ମନ୍ତ୍ରଣାଳୟ ପକ୍ଷରୁ ଫେରାଯାଇଥିବା ସମ୍ପର୍କରେ ମହାମହିମ ରାଜ୍ୟପାଳଙ୍କୁ ଅବଗତ କରାଯାଇଛି । ଏ ସଂକ୍ରାନ୍ତରେ ରାଜ୍ୟ ସରକାରଙ୍କ ବିଭାଗୀୟ ଅଧିକାରୀଙ୍କ ସହ ଆଲୋଚ଼ନା କରିବାକୁ ସୂଚ଼ନା ଦେଇଥିଲେ । ଏହି ଅବସରରେ ଜିଲା ଜମିଜମା ସତ୍ୱ ସୁରକ୍ଷା କ୍ରିୟାନୁଷ୍ଠାନ କମିଟି ପକ୍ଷରୁ ଆବାହକ ଅଶୋକ ପରିଡାଙ୍କ ସହ ଏକ ପ୍ରତିନିଧିମଣ୍ଡଳୀ ରାଜ୍ୟପାଳଙ୍କୁ ସାକ୍ଷାତ କରି ରାଜସ୍ୱ ବିଭାଗ ନିୟମ ଅନୁଯାୟୀ ସରକାରୀ ଜମିରେ ନିରବଛିନ୍ନ ଭାବେ ଦୀର୍ଘ ୪୦-୫୦ବର୍ଷ ରୁ ଅଧିକ ସମୟ ରହିଆସିଥିଲେ ମଧ୍ୟ ଉକ୍ତ ଜମିର ସ୍ଥାୟୀ ପଟ୍ଟା ପ୍ରଦାନ କରାଯାଉନଥିବାରୁ ଏକ ସ୍ମାରକ ପତ୍ର ପ୍ରଦାନ କରିଥିଲେ । କନ୍ଧମାଳରମୁଖ୍ୟ ସମସ୍ୟା ଜମିଜମା ସମସ୍ୟା ସମ୍ପର୍କରେ ରାଜ୍ୟପାଳଙ୍କ ଦୃଷ୍ଟି ଆକର୍ଷଣ କରାଯାଇଥିଲା ।ଏ ସଂକ୍ରାନ୍ତରେ ରାଜସ୍ୱ ବିଭାଗ ସହ ଆଲୋଚ଼ନା କରି ବହୁ ବର୍ଷର ସମସ୍ୟାର ସମାଧାନ ପାଇଁ ସୂଚ଼ନା ଦେଇଥିଲେ । ଏହି ଅବସରରେ ଅନ୍ୟମାନଙ୍କ ମଧ୍ୟରେ କମଳାକାନ୍ତ ପାଣ୍ଡେ, ନବୀନ କିଶୋର ପଣ୍ଡା, ପ୍ରମୋଦ ସାହୁ,କୃଷ୍ଣ ଚ଼ନ୍ଦ୍ର ମିଶ୍ର,ରମେଶ ଚ଼ନ୍ଦ୍ର ମହାନ୍ତି ଓ ରାଜକିଶୋର ପାଢ଼ୀ ପ୍ରମୁଖ ରାଜ୍ୟପାଳଙ୍କୁ ସାକ୍ଷାତ କରି ଜିଲାର ସମସ୍ୟା ସମ୍ପର୍କରେ ଅବଗତ କରିଥିଲେ ।

ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)

NURSERY (3+)

LKG, UKG, STD-I TO V

25% reservation as per RTE Act (2009)



FIND THE DIFFERENCE

●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities

TUITION CLASSES for Std I to Std V Timing: 5 PM to 6.30 PM

MAHARISHI PUBLIC SCHOOL

N4-F/24, IRC Village, Nayapalli, Bhubaneswar, Phone: 0674-2558884, 2550786

E-mail: maharishipublic13@gmail.com

25% Seats reserved in Std. 1 under RTE Act

Printed & Published by Budhadev Mohapatra on behaöf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Puböished at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ

EDITOR : Dr. Pabitra Mohan Samantaray